ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK | ପର୍ଯ୍ୟବେକ୍ଷକ

visit us at
www.paryabekhyak.com

FIND US ON facebook.com/paryabekhyak
FOLLOW US ON TWITTER twitter.com/paryabekhyak

Vol.25 . No.257 Bhubaneswar Friday December 02 2022 | ୨୫ତମ ବର୍ଷ ସଂଖ୍ୟା-୨୫୭ ଭୁବନେଶ୍ୱର, ଶୁକ୍ରବାର, ଡିସେମ୍ବର ୦୨, ୨୦୨୨ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹1.50 | (Air Surcharge - 0.50P) | Member-INS

# ପଦ୍ମପୁରକୁ ଜିଲ୍ଲା ମାନ୍ୟତା: ପ୍ରତିଶ୍ରୁତି ଦେଇଥିଲେ ମୁଖ୍ୟମନ୍ତ୍ରୀ, ଫାଙ୍କିଦେଲେ ରାଜସ୍ୱ ମନ୍ତ୍ରୀ



ଭୁବନେଶ୍ୱର,୧।୧୨(ପି.ଏନ): ପଦ୍ମପୁର ଉପନିର୍ବାଚନକୁ ଦୃଷ୍ଟିରେ ରଖି ସ୍ଥାନୀୟ ଲୋକଙ୍କ ଚାପରେ ଆସନ୍ତା ୨୦୨୩ ଡିସେମ୍ବର ସୁଦ୍ଧା 'ପଦ୍ମପୁର' ଉପଖଣ୍ଡକୁ ରାଜ୍ୟର ୩୧ତମ ଜିଲ୍ଲା ମାନ୍ୟତା ମିଳିବ ବୋଲି ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ପ୍ରତିଶ୍ରୁତି ଦେବାର ୧୫ଦିନ ନପୂରୁଣୁ ତାହା ପ୍ରତାରଣାରେ ବଦଳି ଯାଇଛି । ପଦ୍ମପୁରକୁ ଜିଲ୍ଲା ମାନ୍ୟତା ଦେବା ଦିଗରେ କୌଣସି ଯୋଜନା ସରକାରୀସ୍ତରରେ ହୋଇନଥିବା ଓ ମୁଖ୍ୟମନ୍ତ୍ରୀଙ୍କ ପ୍ରତିଶ୍ରୁତି କେବଳ ପାଣିର ଗାର ବୋଲି ଆଜି ପ୍ରମାଣିତ ହୋଇଛି । ବିଧାନସଭାରେ ରାଜସ୍ୱ ମନ୍ତ୍ରୀ ପ୍ରମିଳା ମଲ୍ଲିକ ଆଜି ଲିଖିତ ଉତ୍ତରରେ ମୁଖ୍ୟମନ୍ତ୍ରୀଙ୍କ ମିଛକୁ ପଦାକୁ ଆଣିଛନ୍ତି ।ସୂଚନା ଅନୁସାରେ, ଆସନ୍ତାକାଲି ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ପଦ୍ମପୁର ଗସ୍ତରେ ଯାଇ ଦଳୀୟ ପ୍ରାର୍ଥୀଙ୍କ ସପକ୍ଷରେ ପ୍ରଚାର କରିବାର କାର୍ଯ୍ୟକ୍ରମ ଥିବାବେଳେ ଆଜି ବିଜେଡିର ବରିଷ୍ଠ ଉପସଭାନେତ୍ରୀ ତଥା ରାଜସ୍ୱ ମନ୍ତ୍ରୀ ପ୍ରମିଳା ମଲ୍ଲିକ ଶାସକ ଦଳର ସଭ୍ୟ ରାଜକିଶୋର ଦାସଙ୍କ ତାରକା ପ୍ରଶ୍ନର ଉତ୍ତର ରଖି କହିଛନ୍ତି ଯେ, "ରାଜ୍ୟରେ ନୂତନ ଜିଲ୍ଲା ଘୋଷଣା କରିବା ପାଇଁ କୌଣସି ପ୍ରସ୍ତାବ ରାଜ୍ୟ ସରକାରଙ୍କ ପାଖରେ ବିଚାରାଧୀନ ନାହିଁ ।" ଅର୍ଥାତ୍ ପଦ୍ମପୁର ଉପଖଣ୍ଡକୁ ଜିଲ୍ଲା ମାନ୍ୟତା ଦେବାର କୌଣସି ପ୍ରସ୍ତାବ ମଧ୍ୟ ସରକାରଙ୍କ ବିଚାରାଧୀନ ନଥିବା ମନ୍ତ୍ରୀ ଶ୍ରୀମତୀ ମଲ୍ଲିକ ସ୍ପଷ୍ଟ କରିଛନ୍ତି । ଯଦିଓ ପଦ୍ମପୁରବାସୀଙ୍କୁ ମୁଖ୍ୟମନ୍ତ୍ରୀ ପ୍ରତିଶ୍ରୁତି ଦେବାର ୧୫ଦିନ ବିତିଗଲାଣି । ସରକାରୀସ୍ତରରେ ଏଭଳି କୌଣସି ପ୍ରସ୍ତାବ ନଥିବା ରାଜସ୍ୱ ମନ୍ତ୍ରୀ ବିଧାନସଭାରେ କହିବା ପରେ ମୁଖ୍ୟମନ୍ତ୍ରୀ ଶ୍ରୀ ପଟ୍ଟନାୟକ କେବଳ ନିର୍ବାଚନକୁ ଦୃଷ୍ଟିରେ ରଖି ପଦ୍ମପୁରବାସୀଙ୍କୁ ଭଣ୍ଡେଇଥିବା ସ୍ପଷ୍ଟ ହୋଇଛି ।ପଦ୍ମପୁରକୁ ଜିଲ୍ଲା ମାନ୍ୟତା ଦାବିରେ ଆନ୍ଦୋଳନ କରୁଥିବା କ୍ରିୟାନୁଷ୍ଠାନ କମିଟିର ସଦସ୍ୟମାନେ ଗତ ନଭେମ୍ବର ୧୬ତାରିଖରେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କୁ ଭେଟି ଆଲୋଚନା କରିଥିଲେ । ଏହି ସାକ୍ଷାତ ପରେ କ୍ରିୟାନୁଷ୍ଠାନ କମିଟିର ସଭାପତି ଉମେଶ ଚନ୍ଦ୍ର ସାହୁ କହିଥିଲେ ଯେ, " ମୁଖ୍ୟମନ୍ତ୍ରୀ ଶ୍ରୀ ପଟ୍ଟନାୟକ ପଦ୍ମପୁରକୁ ଜିଲ୍ଲା ମାନ୍ୟତା ଦେବା ପ୍ରକ୍ରିୟା ୨୦୨୩ ଡିସେମ୍ବର ସୁଦ୍ଧା ଶେଷ ହେବ । ଏବେ ନିର୍ବାଚନ ଆଚରଣ ବିଧି ବଳବତ୍ତର ଥିବାରୁ ମୁଖ୍ୟମନ୍ତ୍ରୀ ଆନୁଷ୍ଠାନିକ ଭାବେ ଏହି ଘୋଷଣା କରିବାରେ ସମସ୍ୟା ରହିଛି । କିନ୍ତୁ ଉପନିର୍ବାଚନୀ ଇସ୍ତାହାରରେ ପଦ୍ମପୁରକୁ ଜିଲ୍ଲା ମାନ୍ୟତା ଦେବା ଦାବିକୁ ବିଜେଡି ସାମିଲ କରିବ ।"ଆଜି ରାଜସ୍ୱ ମନ୍ତ୍ରୀ ଶ୍ରୀମତୀ ମଲ୍ଲିକ ଗୃହରେ ଲିଖିତ ଭାବେ ରାଜ୍ୟରେ ନୂଆ ଜିଲ୍ଲା ଘୋଷଣା କରିବା ପାଇଁ କୌଣସି ପ୍ରସ୍ତାବ ସରକାରଙ୍କ ବିଚାରାଧୀନ ନାହିଁ ବୋଲି କହି ଖୋଲାଖୋଲି ଭାବେ ପଦ୍ମପୁରବାସୀଙ୍କ ଦୀର୍ଘଦିନର ଦାବି ଉପରେ ମୁଖ୍ୟମନ୍ତ୍ରୀ ଯେଉଁ ଆଶା ସଂଚାର କରିଥିଲେ ସେଥିରେ ପୂର୍ଣ୍ଣଚ୍ଛେଦ ପକାଇଛନ୍ତି । ମୁଖ୍ୟମନ୍ତ୍ରୀ ଶ୍ରୀ ପଟ୍ଟନାୟକ ୨୦୧୯ ସାଧାରଣ ନିର୍ବାଚନ ପୂର୍ବରୁ ମଧ୍ୟ ଏହି କ୍ରିୟାନୁଷ୍ଠାନ କମିଟି ସଦସ୍ୟମାନଙ୍କୁ ଅନୁରୂପ ପ୍ରତିଶ୍ରୁତି ଦେଇଥିଲେ । ତାହା ପ୍ରତାରଣା ସାବ୍ୟସ୍ତ ହୋଇଥିଲା । ଏବେପୁଣି ଉପନିର୍ବାଚନ ପ୍ରକ୍ରିୟା ଜାରି ରହିଥିବାବେଳେ ପଦ୍ମପୁରକୁ ଜିଲ୍ଲା ମାନ୍ୟତା ଦେବା ପାଇଁ କ୍ରିୟାନୁଷ୍ଠାନ କମିଟି ସଦସ୍ୟମାନଙ୍କୁ ଗତ ୧୫ଦିନ ତଳେ ମୁଖ୍ୟମନ୍ତ୍ରୀ ଦେଇଥିବା ପ୍ରତିଶ୍ରୁତି ପୁଣିଥରେ ପ୍ରତାରଣା ପାଲଟିଛି ।ଯଦିଓ ନୂଆ ଜିଲ୍ଲା ଗଠନ ଦାବି ରାଜ୍ୟର ବିଭିନ୍ନ ଭାଗରୁ ହେଉଛି ଓ ରାଜ୍ୟ ସରକାରଙ୍କ ଉପରେ ଏନେଇ ପ୍ରବଳ ଚାପ ରହିଛି । ତଥାପି ପଦ୍ମପୁର ଉପନିର୍ବାଚନକୁ ଦୃଷ୍ଟିରେ ରଖି କ୍ରିୟାନୁଷ୍ଠାନ କମିଟିର ଆନ୍ଦୋଳନରେ ତାଳିପକା ସମାଧାନ ପାଇଁ ପଦ୍ମପୁରକୁ ଜିଲ୍ଲା ମାନ୍ୟତା ୨୦୨୩ ଡିସେମ୍ବର ସୁଦ୍ଧା ସମ୍ପୂର୍ଣ୍ଣ ହେବ ବୋଲି କହି ଶାସକ ବିଜେଡି ଯେଉଁ ପ୍ରୟାସ କରିଥିଲା ତାକୁ ରାଜସ୍ୱ ମନ୍ତ୍ରୀ ଶ୍ରୀମତୀ ମଲ୍ଲିକ ଫିକା କରିଦେଇଛନ୍ତି ।ସୂଚନାଯୋଗ୍ୟ, ଆଜି ଝାରବନ୍ଧରେ ବିଜେପି ପ୍ରାର୍ଥୀଙ୍କ ସପକ୍ଷରେ ଏକ ଜନସଭାକୁ ସମ୍ବୋଧିତ କରି କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ପଦ୍ମପୁରକୁ ଜିଲ୍ଲା ମାନ୍ୟତା ଦେବା ପ୍ରସଙ୍ଗରେ ସିଧାସଳଖ ମୁଖ୍ୟମନ୍ତ୍ରୀଙ୍କୁ ଟାର୍ଗେଟ୍ କରିଥିଲେ । ମୁଖ୍ୟମନ୍ତ୍ରୀ ଯଦି ବାସ୍ତବରେ ପଦ୍ମପୁରକୁ ଜିଲ୍ଲା ମାନ୍ୟତା ଦେବାକୁ ଚାହୁଁଛନ୍ତି କ୍ୟାବିନେଟ୍ ବୈଠକରେ ଏହି ପ୍ରସ୍ତାବକୁ ଅନୁମୋଦନ ଦେଇ ଆସନ୍ତାକାଲି ବିଜ୍ଞପ୍ତି ଧରି ପଦ୍ମପୁର ଆସନ୍ତୁ ବୋଲି ଆହ୍ୱାନ କରିଥିଲେ ।

# ଆସନ୍ତାକାଲି ବିଧାନସଭା ଘେରିବ ବିଜେପି : ୫୦ହଜାର ଚାଷୀ ସାମିଲ ହେବେ

ଭୁବନେଶ୍ୱର, ୧।୧୨(ପି.ଏନ): ଭାରତୀୟ ଜନତା ପାର୍ଟି ଓଡିଶାର କୃଷି ଓ କୃଷକଙ୍କ ସ୍ୱାର୍ଥ ପାଇଁ ଆଜିକୁ ୧୪ଦିନ ଧରି ବିଧାନସଭା ସମ୍ମୁଖରେ ସତ୍ୟାଗ୍ରହ କରିଛି। ଏହି ସତ୍ୟାଗ୍ରହରେ ଆଳି ଓ କେନ୍ଦ୍ରାପଡା ନିର୍ବାଚନ ମଣ୍ଡଳୀର ଚାଷୀ ସାମିଲ ହୋଇ ଶାସକ ଦଳକୁ ଘେରିଛନ୍ତି। ଆଜି ପଥପ୍ରାନ୍ତ ନାଟକ ମାଧ୍ୟମରେ ଚାଷ ଓ ଚାଷୀର ପ୍ରସଙ୍ଗରେ କିଭଳି ରାଜ୍ୟ ସରକର ଚାଷୀଙ୍କ ନାଁ ନେଇ ଯୋଜନା କରୁଛନ୍ତି ଓ ଚାଷୀ ମୌଳିକ ସୁବିଧା ନପାଇ ହନ୍ତସନ୍ତ ହେଉଛି ତାହା ବର୍ଣ୍ଣନା କରାଯାଇଛି। ଦୀର୍ଘ ୧୪ଦିନ ଧରି ବିଧାନସଭା ସମ୍ମୁଖରେ ଚିତ୍କାର କରୁଥିଲେ ମଧ୍ୟ ରାଜ୍ୟ ସରକାର ନଶୁଣିବାରୁ ଆସନ୍ତାକାଲି (ଶୁକ୍ରବାର)ଜାତି, ବର୍ଣ୍ଣ ନିର୍ବିଶେଷରେ ୫୦ହଜାର କୃଷକ ଭାରତୀୟ ଜନତା ପାର୍ଟି ନେତୃତ୍ୱରେ ମାଷ୍ଟର କ୍ୟାଂଟିନ ଛକରୁ ବିଧାନସଭା ଅଭିମୁଖେ ଗଣବିକ୍ଷୋଭ କରିବେ ବୋଲି ବରିଷ୍ଠ ନେତା ଶାରଦା ପ୍ରଧାନ କହିଛନ୍ତି ।ଓଡିଶାର କୃଷକଙ୍କ ପାଇଁ ମୁଖ୍ୟମନ୍ତ୍ରୀ ମୋ ଗୁହାଳ, ମୋ ବାଡି, ମୋ ପୋଖରୀ ଭଳି ବିଭିନ୍ନ ଯୋଜନା କରି କୋଟି କୋଟି ଟଙ୍କା ଖର୍ଚ୍ଚ କରୁଥିବା କହୁଛନ୍ତି। ବାସ୍ତବରେ ଏହି ଯୋଜନାର ଟଙ୍କାକୁ ରାଜ୍ୟ ସରକାରଙ୍କ ମନ୍ତ୍ରୀ, ନେତା ଓ ବିଧାୟକମାନେ ଦଳ ଭିତରେ ବାଂଟି ନେଉଛନ୍ତି। ଚାଷୀଙ୍କୁ ସର୍ବଦା ଭକୁଆ କରିବା ସହ ବାହାନା ବନାଉଛି ଶାସକ ଦଳ। ଚାଷଜମି ଥିବା ଚାଷୀଙ୍କୁ ଟୋକନ ମିଳୁନଥିବା ବେଳେ କମ୍ ଚାଷଜମି ଥିବା ବିଜେଡି କର୍ମୀ ନେତାଙ୍କୁ ରାଜ୍ୟ ସରକାର ଟୋକନ ଦେଉଛନ୍ତି। ଏହାଦ୍ୱାରା ବାଧହୋଇ କମିଶନ ଦେଇ ଟୋକନ କିଣୁଛନ୍ତି ଧାନ ଅମଳ କରିଥିବା ପ୍ରକୃତ ଚାଷୀ । ନବୀନଙ୍କ ଏହି ହୀନପ୍ରକୃତିକୁ ଅନ୍ନଦାତା ଠିକ ଜବାବ ଦେବେ ବୋଲି ରାଜ୍ୟ ମୁଖପାତ୍ର ଦିଲୀପ ମହାନ୍ତି କହିଛନ୍ତି।

# ଜୁଏଲ୍ ଓରାମଙ୍କ କଟାକ୍ଷର ଜବାବ ଦେଲେ ବର୍ଷା





ପଦ୍ମପୁର ,୧।୧୨(ପି.ଏନ): ଆଦିବାସୀ ନେତା ତଥା ସୁନ୍ଦରଗଡ ସାଂସଦ ଜୁଏଲ୍ ଓରାମଙ୍କ କଟକାକ୍ଷର ଜବାବ ଦେଲେ ବିଜେଡି ପ୍ରାର୍ଥୀ ବର୍ଷା। ସେ ଭିଡିଓ ଜାରି କରି କହିଛନ୍ତି, ଜନ୍ମମାଟିରେ ନିର୍ବାଚନ ଲଢିବା ପାଇଁ ମୋର କ'ଣ ଅଧିକାର ନାହିଁ? ଜୁଏଲଙ୍କ କଟାକ୍ଷ ଓ ବର୍ଷାଙ୍କ ଜବାବକୁ ନେଇ ଆଜି ପଦ୍ମପୁର ରାଜନୀତି ସରଗରମ ହୋଇଛି ।ସାଂସଦ ଜୁଏଲ୍ ଓରାମ ଆଜି ପଦ୍ମପୁର ଉପନିର୍ବାଚନରେ ପ୍ରଚାର କରିବାକୁ ଯାଇଥିଲେ। ଝାରବନ୍ଧ ବ୍ଲକ୍ ?ରେ ଆୟୋଜିତ ନିର୍ବାଚନୀ ସଭାରେ ଉଦ୍‌ବୋଧନ ଦେଇ ଜୁଏଲ୍ କରିଥିଲେ, ବାହାଘର ପରେ ବର୍ଷା ସିଂ ବରିହା ଆଦିବାସୀ କି ନୁହେଁ। ସତ୍ୟବାଦୀ ବିଜେପି ନେତା ରମାରଞ୍ଜନ ବଳିଆର୍ ସିଂଙ୍କ ବୋହୂ ହେବା ପରେ ସେ ଏବେ କ'ଣ ଆଦିବାସୀ ସଂପ୍ରଦାୟର ବାହଘର ପରେ ବର୍ଷା ଆଉ ସିଂ ବରିହା ହୋଇ ନାହାନ୍ତି। ସେ ବଳିୟାର ସିଂ ହୋଇ ସାରିଛନ୍ତି। ଯିଏ ଜାତିର ନୁହେଁ, ସେ ପାର୍ଟିର କେମିତି ହେବ ମାଟିର କେମିତି ହେବ ବୋଲି ପ୍ରଶ୍ନ କରିଛନ୍ତି ଜୁଏଲ୍। ବିଭିନ୍ନ ସ୍ଥାନରେ ପ୍ରଚାର ବେଳେ ବର୍ଷା ଜାତି ଭୋଜି ଖାଇଛନ୍ତି କି ବୋଲି ପଚାରିଲେ ଉତ୍ତର ମିଳୁନଥିବା କହିଛନ୍ତି ଜୁଏଲ। ଝିଅ ବାହା ହୋଇ ବିଦା ହେଲା ବେଳେ କାନ୍ଦନ୍ତି। ଏବେ ବର୍ଷା ବିଦା ହେବେ। ତେଣୁ ସେ କାନ୍ଦୁଛନ୍ତି ବୋଲି କଟାକ୍ଷ କରିଛନ୍ତି ଜୁଏଲ୍ ।ସାଂସଦ ଜୁଏଲ୍ ଓରାମଙ୍କ କଟାକ୍ଷର ଜବାବ ଦେଇଛନ୍ତି ବର୍ଷା। ଆଜି ବର୍ଷା ଏକ ଭାବପ୍ରବଣ ଭିଡିଓ ଜାରି କରିଛନ୍ତି। ସେ କହିଛନ୍ତି, ଜନ୍ମମାଟିରେ ନିର୍ବାଚନ ଲଢିବା ପାଇଁ ମୋର କ'ଣ ଅଧିକାର ନାହିଁ ବିଜେପି ନେତାମାନେ ମଧ୍ୟ ଅନ୍ୟ ସ୍ଥାନରୁ ନିର୍ବାଚନ ଲଢୁଛନ୍ତି, ମୁଁ ଲଢିଲେ ଅସୁବିଧା କ'ଣ ବୋଲି ପାଲଟା ପ୍ରଶ୍ନ କରିଛନ୍ତି ବର୍ଷା ।ସେପଟେ ବର୍ଷାଙ୍କୁ ବିଜେଡି ପ୍ରାର୍ଥୀ ଘୋଷଣା କରିବା ଦିନଠୁ ଚାଲିଛି ବାଦୁନାବଦ। ବର୍ଷା ଜିତିଲେ ନିର୍ବାଚନମଣ୍ଡଳୀ ସମସ୍ୟାର ସମାଧାନ ପୁରୀରେ ହେବେ ବୋଲି ପଦ୍ମପୁରରେ ଚର୍ଚ୍ଚା ଜୋର ଧରିଛି। ଆଉ କିଛି ସୋଶାଲ୍ ୟୁଜର ଲେଖୁଛନ୍ତି, ବର୍ଷା ବିଦେଶିନୀ। ପଦ୍ମପୁରରେ ରହିବେ ନାହିଁ ସୋଶାଲ୍ ମିଡିଆରେ ପ୍ରଚାର କରାଯାଉଛି। ତେବେ ବର୍ଷାଙ୍କୁ ମାଟିର ଝିଅ ଦର୍ଶାଇ ଅନେକ କାଉଣ୍ଟର ପୋଷ୍ଟ ମଧ୍ୟ କରୁଛନ୍ତି। ବିଜେପି ଓ ବିଜେଡିର ଟ୍ରୋଲ୍ ଗ୍ରୁପ୍ ପକ୍ଷରୁ ଏସବୁ ପୋଷ୍ଟ କରାଯାଇଥିବା କୁହାଯାଉଛି।

# ମେକ୍-ଇନ୍-ଓଡ଼ିଶା କନ୍‌କ୍ଲେଭ୍ ରେ ୫ଟି ବୁଝାମଣାପତ୍ର ସ୍ୱାକ୍ଷରିତ

ଭୁବନେଶ୍ୱର, ୧।୧୨(ପି.ଏନ): ଦେଶରେ ଓଡ଼ିଶାକୁ ପ୍ରମୁଖ ଷ୍ଟାର୍ଟଅପ୍ ହବ୍ ଭାବରେ ଗଢ଼ିତୋଳିବା ଉଦ୍ଦେଶ୍ୟରେ ରାଜ୍ୟ ସରକାର ବହୁମୁଖୀ ପଦକ୍ଷେପ ଗ୍ରହଣ କରିଛନ୍ତି । 'ମେକ୍ ଇନ୍ ଓଡ଼ିଶା କନ୍‌କ୍ଲେଭ୍-୨୦୨୨'ର ପ୍ରଥମ ଦିବସରେ ଆୟୋଜିତ ଏକ ପ୍ଲେନାରୀ ଅଧିବେଶନରେ ଯୋଗଦେଇ ରାଜ୍ୟରେ ଷ୍ଟାର୍ଟଅପ୍ ପରିମଣ୍ଡଳର ଅଭିବୃଦ୍ଧି ଉପରେ ସରକାର ଗୁରୁତ୍ୱ ଦେଇଥିବା କଥା ପ୍ରକାଶ କରିଛନ୍ତି ଶକ୍ତି, ଶିଳ୍ପ, ଏମ୍‌ଏସ୍‌ଏମ୍‌ଇ ମନ୍ତ୍ରୀ ପ୍ରତାପ କେଶରୀ ଦେବ। ରାଜ୍ୟରେ ଷ୍ଟାର୍ଟଅପ୍ ଅଭିବୃଦ୍ଧିକୁ ଜୋରଦାର କରିବା ଲକ୍ଷ୍ୟରେ ୫ଟି ବୁଝାମଣାପତ୍ର ସମେତ ୭ଟି ଆଗ୍ରହ ପତ୍ର ସ୍ୱାକ୍ଷରିତ ହୋଇଛି । ମନ୍ତ୍ରୀ ଶ୍ରୀ ଦେବ ଅନ୍ୟ ଅତିଥିମାନଙ୍କ ଗହଣରେ ଷ୍ଟାର୍ଟଅପ୍ ନେଇ ଗୋଟିଏ ଫଳାଫଳ ବିବରଣୀ ଏବଂ କଫିଟେବୁଲ୍ ପୁସ୍ତକ ଉନ୍ମୋଚନ କରିଥିଲେ। ଷ୍ଟାର୍ଟଅପ୍ ଯାତ୍ରା ପୁରସ୍କାରଗୁଡ଼ିକ ପ୍ରଦାନ କରାଯାଇଥିଲା । ଏଠାରେ ଅନୁଷ୍ଠିତ ବିଭିନ୍ନ ସଂସ୍ଥାର ମୁଖ୍ୟ କାର୍ଯ୍ୟନିର୍ବାହୀ ତଥା ପ୍ରମୁଖ ଶିଳ୍ପସଂସ୍ଥାର କାର୍ଯ୍ୟକର୍ତାମାନଙ୍କ ସମାବେଶରେ 'ଷ୍ଟାର୍ଟଅପ୍ ଦୃଷ୍ଟାନ୍ତରେ ପରିବର୍ତନ ଏବଂ ଭବିଷ୍ୟତ ମାର୍ଗ' ଶୀର୍ଷକ ପ୍ରସଙ୍ଗକୁ ନେଇ ବକ୍ତୃତାମାଳା ଅନୁଷ୍ଠିତ ହୋଇଥିଲା। ଏଥିରେ ମନ୍ତ୍ରୀ ଶ୍ରୀ ଦେବଙ୍କ ସମେତ ଏମ୍‌ଏସ୍‌ଏମ୍‌ଇ ବିଭାଗର ପ୍ରମୁଖ ଶାସନ ସଚିବ ଶାଶ୍ୱତ ମିଶ୍ର କହିଥିଲେ ଯେ ଷ୍ଟାର୍ଟଅପ୍ ଗୁଡ଼ିକ ଦ୍ୱାରା ନିଯୁକ୍ତି ସୁଯୋଗରେ ବ୍ୟାପକ ସମ୍ଭାବନା ରହିଛି ଏବଂ ସମାଜରେ ନୈନନ୍ଦିନ ସମସ୍ୟାର ସମାଧାନ ସମ୍ଭବ ହୋଇପାରୁଛି। ସୂଚନା ପ୍ରଯୁକ୍ତି କ୍ଷେତ୍ର ସହିତ ଅନ୍ୟ କ୍ଷେତ୍ରଗୁଡ଼ିକରେ ଅଧିକ ସଂଖ୍ୟାରେ ଷ୍ଟାର୍ଟଅପ୍ ସୃଷ୍ଟି କରିବା ସରକାରଙ୍କ ଲକ୍ଷ୍ୟ । ଷ୍ଟାର୍ଟଅପ୍ ଓଡ଼ିଶାର ନିର୍ବାହୀ ଅଧ୍ୟକ୍ଷ ଡ. ଓଁକାର ରାୟ କହିଥିଲେ ଯେ ୨୦୧୬ଠାରୁ ଇତି ମଧ୍ୟରେ ୨୫ଟି କ୍ରିୟାଶୀଳ ଇନକ୍ୟୁବେଟର ଦ୍ୱାରା ୧୪୩୪ଟି ଷ୍ଟାର୍ଟଅପ୍ ରାଜ୍ୟରେ କାର୍ଯ୍ୟ କରୁଛି । ଏଥିରୁ ୫୯୦ଟି ଷ୍ଟାର୍ଟଅପ୍ କେବଳ ମହିଳାମାନଙ୍କ ନେତୃତ୍ୱରେ ପରିଚାଳିତ ହେଉଛି। ରାଜ୍ୟ ସରକାର ଷ୍ଟାର୍ଟଅପ୍ ବିକାଶ ପାଇଁ ଆବଶ୍ୟକୀୟ ପାଣ୍ଠି ଯୋଗାଇଦେବା ଉଦ୍ଦେଶ୍ୟରେ ଏକ ବୃହତ୍ ପାଣ୍ଠି (ପାଣ୍ଠିର ପାଣ୍ଠି) ପ୍ରତିଷ୍ଠା କରିବେ।

# ଢେଙ୍କାନାଳ ପୁଲିସ୍‌କୁ କଟକରେ ମାଡ, ସବ୍‌ଇନ୍ସପେକ୍ଟରଙ୍କ ବନ୍ଧୁକ ଛଡାଇ ନେଲେ !





ଆଠଗଡ଼ ,୧।୧୨(ପି.ଏନ): ଢେଙ୍କାନାଳ ସଦର ଥାନା ପୁଲିସ୍‌କୁ କଟକରେ ମାଡ। ସବ୍‌ଇନ୍ସପେକ୍ଟଙ୍କୁ ମାଡ ମାରି ବନ୍ଧୁକ ଛଡାଇ ନେଇଥିବା ଅଭିଯୋଗ ହୋଇଛି। ଚମ୍ପଟ ମାରିଥିବା ପ୍ରେମୀ ଯୁଗଳଙ୍କୁ ଧରିବାକୁ ଯାଇ ଆଜି ସନ୍ଧ୍ୟାରେ ଏପରି ହଲାପଟା ହୋଇଛି ଢେଙ୍କାନାଳ ସଦର ଥାନା ପୁଲିସ୍। ଢେଙ୍କାନାଳ ସଦର ଥାନା ଇନ୍ସପେକ୍ଟର ଚନ୍ଦ୍ରକାନ୍ତ ସେଠୀ ଓ ତାଙ୍କ ଷ୍ଟାଫ୍ ଆଜି ଏକ ପ୍ରାଇଭେଟ୍ କାର୍‌ରେ ସାଦା ପୋଷାକରେ ତିଗିରିଆ ପଙ୍କାଳ ଗାଁକୁ ଯାଇଥିଲେ। ମାତ୍ର ସେଠାରେ ଅଭିଯୁକ୍ତକୁ ପାଇନଥିଲେ। ପରେ ସେମାନେ କାର୍‌ରେ ଫେରୁଥିବା ବେଳେ ନୂଆପାଟଣା ବଜାରରେ ଅଭିଯୁକ୍ତଙ୍କ ଜଣେ ଦୂର ସମ୍ପର୍କୀୟ ବୁଲୁଥିବା ଦେଖିବାକୁ ପାଇଥିଲେ। ପରେ ତାଙ୍କୁ ଉଠାଇବାକୁ ଚେଷ୍ଟା କରୁଥିଲେ। କିନ୍ତୁ ସ୍ଥାନୀୟ ଲୋକେ ସଦା ପୋଷାକରେ ଥିବା ପୁଲିସ୍‌କୁ ଚିହ୍ନି ନପାରି ବିରୋଧ କରିଥିଲେ ।କିଛି ସମୟ ପାଇଁ ଉଭୟଙ୍କ ଭିତରେ ଠେଲାପେଲା ହୋଇଥିଲା। ଏପରିକି ସବ୍‌ଇନ୍ସପେକ୍ଟର ଶ୍ରୀ ସେଠୀଙ୍କୁ ବହେ ମାଡ ମାରିଥିଲେ। ମାଡରେ ତାଙ୍କ ମୁଣ୍ଡ ଫାଟିଥିଲା। ଏପରିକି ଦୁର୍ବୃତ୍ତମାନେ ତାଙ୍କଠାରୁ ବନ୍ଧୁକ ଛଡାଇ ନେଇଥିବା ଆଲୋଚନା ହେଉଛି। ଶ୍ରୀ ସେଠୀଙ୍କ ସହିତ ଯାଇଥିବା ଅନ୍ୟ କର୍ମଚାରୀଙ୍କୁ ମଧ୍ୟ ମାଡ ହୋଇଥିବା ଅଭିଯୋଗ ହୋଇଛି। ଖବର ପାଇ ତିଗିରିଆ ଥାନା ପୁଲିସ୍ ସେଠାରେ ପହଞ୍ଚିଥିଲା। ସେମାନଙ୍କୁ ଉଦ୍ଧାର କରି ତିଗିରିଆ ମେଡିକାଲ୍‌ରେ ଭର୍ତ୍ତି କରିଥିଲେ। ବର୍ତ୍ତମାନ ପରିସ୍ଥିତି ଶାନ୍ତ ପଡିଛି । ଆଠଗଡ ଏସ୍‌ଡିପିଓ ଘଟଣାର ତଦନ୍ତ ଚଳାଇଛନ୍ତି। ସୂଚନାରୁ ପ୍ରକାଶ, ଢେଙ୍କାନାଳ ସଦର ଥାନା ଅଞ୍ଚଳର ଏକ ପ୍ରେମୀ ଯୁଗଳ ଆଠଗଡ ପଙ୍କାଳରେ ଆତ୍ମଗୋପନ କରିଥିବା ପୁଲିସ୍ ଜାଣିବାକୁ ପାଇଥିଲା। ଏହା ପରେ ଢେଙ୍କାନାଳ ସଦର ଥାନା ପୁଲିସ୍ ୨ରୁ ୩ ଥର ସେହି ଗାଁରେ ଚଢ଼ଉ କରିଥିଲା। ମାତ୍ର ଖାଲି ହାତରେ ଫେରିଥିଲା। ପ୍ରେମୀ ଯୁଗଳଙ୍କ ପତ୍ତା ପାଇନଥିଲା। ଆଜି ମଧ୍ୟ ସମାନ ଢଙ୍ଗରେ ତିଗିରିଆ ଥାନା ପୁଲିସ୍‌କୁ କୌଣସି ସୂଚନା ନଦେଇ ସଦା ପୋଷାକରେ ଅଚାନକ ପଙ୍କାଳ ଗାଁରେ ଚଢ଼ଉ କରିଥିଲେ ଢେଙ୍କାନାଳ ସଦର ଥାନା ପୁଲିସ୍। ସେଠାରୁ ନିରାଶ ହୋଇ ଫେରୁଥିବା ବେଳେ ଅଭିଯୁକ୍ତଙ୍କ ଦୂର ସମ୍ପର୍କୀୟଙ୍କୁ ଉଠାଇବାକୁ ଚେଷ୍ଟା କରୁଥିବା ବେଳେ ବହେ ଖାଇଥିଲେ ଢେଙ୍କାନାଳ ସଦର ଥାନା ପୁଲିସ୍।

# ମହିଳା ଏସଏଚଜିଙ୍କୁ ପ୍ରତାରଣା ଉଦ୍ୟମ କରୁଛି ବିଜେପି: ବିଜେଡି

ଭୁବନେଶ୍ୱର,୧।୧୨(ପି.ଏନ): ରାଜ୍ୟର ମହିଳା ଏସଏଚଜିମାନଙ୍କୁ ୦% ସୁଧ ହାରରେ ରାଜ୍ୟ ସରକାର ୫ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଋଣ ଯୋଗାଣ କରୁଥିବାବେଳେ କେନ୍ଦ୍ର ସରକାର ଏତିକି ପରିମାଣର ଋଣ ପାଇଁ ୧୦% ସୁଧ ଆଦାୟ କରୁଛନ୍ତି। ରାଜ୍ୟର ମହିଳା ଏସଏଚଜିଙ୍କୁ ବିଜେପି ନେତୃତ୍ୱାଧିନ କେନ୍ଦ୍ର ସରକାର ଶୂନ ସୁଧ ହାରରେ ଋଣ ଯୋଗାଇବା ପରିବର୍ତ୍ତେ ସେମାନଙ୍କ ସହିତ ପ୍ରତାରଣା ଉଦ୍ୟମ କରୁଥିବା କହିଛନ୍ତି ବିଜେଡି ରାଷ୍ଟ୍ରୀୟ ମୁଖପାତ୍ର ଡକ୍ଟର ସସ୍ମିତ ପାତ୍ର । ଗୁରୁବାର ଏଠାରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଡକ୍ଟର ପାତ୍ର କହିଛନ୍ତି ଯେ ଗତକାଲି କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଏକ ନିର୍ବାଚନି ସଭାରେ କହିଥିଲେ ଯେ ଦୀନ ଦୟାଲ ଅନ୍ତ୍ୟୋଦୟ ଯୋଜନା – ଜାତୀୟ ଗ୍ରାମ୍ୟ ଜୀବନ ମିଶନ ଅଧିନରେ କେନ୍ଦ୍ର ସରକାରଙ୍କ ବ୍ୟାଙ୍କରେ ସୁଧ ହାର ୧୧% ପ୍ରତିଶତ ରହିଛି ଏବଂ ସୁଧ ସହାୟତା ବାବଦରେ କେନ୍ଦ୍ର ସରକାର ୭% ପଇଠ କରୁଥିବାବେଳେ ରାଜ୍ୟ କେବଳ ମାତ୍ର ୪% ପଇଠ କରି ବାହାବା ନେଉଛି। କିନ୍ତୁ ଦୀନ ଦୟାଲ ଅନ୍ତ୍ୟୋଦୟ ଯୋଜନା – ଜାତୀୟ ଗ୍ରାମ୍ୟ ଜୀବିକା ମିଶନ (ଡିଏୱାଇ-ଏନଆରଏଲଏମ) ଉପରେ ଭାରତୀୟ ରିଜର୍ଭ ବ୍ୟାଙ୍କ ୨୦୨୨ ଜୁଲାଇ ୨୦ ତାରିଖରେ ମାଷ୍ଟର ସର୍କୁଲାର ଜାରି କରିଛନ୍ତି । ଆରବିଆଇର ଏହି ଦସ୍ତାବିଜର ଭାଗ-୨ର କ୍ରମିକ ନଂ-୨ରେ ସ୍ପଷ୍ଟ ଭାବରେ ଉଲ୍ଲେଖ କରାଯାଇଛି ଯେ ମହିଳା ଏସଏଚଜି ପାଇଁ ୩ ଲକ୍ଷ ପର୍ଯ୍ୟନ୍ତ ଋଣ ଉପରେ ସୁଧ ହାର ୭% ହେବ। ୩ ଲକ୍ଷରୁ ଅଧିକ ଏବଂ ୫ ଲକ୍ଷ ପର୍ଯ୍ୟନ୍ତ ଋଣ ଉପରେ ସୁଧ ହାର ୧୦% ହେବ । ପଦ୍ମପୁର ଏବଂ ବରଗଡର ମହିଳା ଏସଏଚଜି ଗୁଡିକ ଅନ୍ୟମାନଙ୍କ ତୁଳନାରେ ଅଧିକ ସୁଧ ଦେଉଥିଲେ କାରଣ କେନ୍ଦ୍ର ସେମାନଙ୍କୁ ବର୍ଗ -୧ ପରିବର୍ତ୍ତେ ବର୍ଗ-୨ ଜିଲ୍ଲା ତାଲିକାରେ ରଖିଥିଲା। କିନ୍ତୁ ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକ ସେମାନଙ୍କ ସୁଧର ସମ୍ପୂର୍ଣ୍ଣ ଭାର ଶୂନ କରିଦେଲେ। ଏଭଳି ଭାବେ ମୁଖ୍ୟମନ୍ତ୍ରୀ ଏପର୍ଯ୍ୟନ୍ତ ୪ ଲକ୍ଷ ମହିଳା ଏସଏଚଜି ଆକାଉଂଟକୁ ପ୍ରାୟ ୫୦୦ କୋଟି ପ୍ରଦାନ କରିଛନ୍ତି। ବରଗଡରେ ଗତ ତିନିବର୍ଷ ମଧ୍ୟରେ ଏସଏଚଜିଙ୍କ ଆକାଉଂଟକୁ ଓଡିଶା ସରକାର ୧୧.୧୯ କୋଟି ଟଙ୍କା ପ୍ରଦାନ କରିଛନ୍ତି । ଗତ ତିନି ବର୍ଷ ମଧ୍ୟରେ ପଦ୍ମପୁରକୁ ଓଡିଶା ସରକାର ସୁଧ ସହାୟତା ବାବଦରେ ୩.୦୫ କୋଟି ଟଙ୍କା ପ୍ରଦାନ କରିଛନ୍ତି ।ମୁଖ୍ୟମନ୍ତ୍ରୀ ୨୯ ନଭେମ୍ବରରେ ଏହା ଘୋଷଣା କରିଛନ୍ତି ଏବଂ ଏହା ୧ ଏପ୍ରିଲ ୨୦୨୨ ଠାରୁ କାର୍ଯ୍ୟକାରୀ ହେବ । ଓଡିଶାର ଯେକୌଣସି ଏସଏଚଜି ୫ ଲକ୍ଷ ପର୍ଯ୍ୟନ୍ତ ଶୂନ ସୁଧରେ ଋଣ ପାଇପାରିବେ। ଏହି ସୁଧ ସିଧାସଳଖ ଓଡିଶା ସରକାର ସେମାନଙ୍କ ଆକାଉଂଟରେ ପ୍ରଦାନ କରିବେ । ଆସନ୍ତା ୫ ବର୍ଷରେ ଏସଏଚଜିକୁ ୫୦,୦୦୦ କୋଟି ଟଙ୍କାର ବ୍ୟାଙ୍କ ଋଣ ପ୍ରଦାନ କରିବାକୁ ଓଡିଶା ସରକାର ପ୍ରତିଶ୍ରୁତିବଦ୍ଧ । ଏଥିପାଇଁ ୧୨୦୦ କୋଟି ଟଙ୍କାର ସୁଧ ସହାୟତା ସୁବିଧା ଆକଳନ କରାଯାଇଛି। ଏହି ସାମ୍ବାଦିକ ସମ୍ମିଳନୀରେ ଡକ୍ଟର ସସ୍ମିତ ପାତ୍ରଙ୍କ ସହ ରାଜ୍ୟସଭା ସାଂସଦ ତଥା ବିଜେଡି ମୁଖପାତ୍ର ଶ୍ରୀମତୀ ସୁଲତା ଦେଓ ଏବଂ ବିଜେଡି ପ୍ରବକ୍ତା ସୁଶ୍ରୀ ମଧୁସ୍ମିତା ନାୟକ ଉପସ୍ଥିତ ଥିଲେ।

# ଆସନ୍ତାକାଲି ମୁଖ୍ୟମନ୍ତ୍ରୀ ପଦ୍ମପୁରବାସୀଙ୍କୁ ନୂତନ ଜିଲ୍ଲାର ବିଜ୍ଞପ୍ତି ଦେଖାଇବେ କି : ଧର୍ମେନ୍ଦ୍ର ପ୍ରଧାନ

ପଦ୍ମପୁର/ବରଗଡ଼/ଭୁବନେଶ୍ୱର, ୧।୧୨(ପି.ଏନ): ମୁଖ୍ୟମନ୍ତ୍ରୀ ଆଜି ରାତିରେ କ୍ୟାବିନେଟ୍ ବସାଇ ପଦ୍ମପୁର ଉପଖଣ୍ଡକୁ ନୂତନ ଜିଲ୍ଲା ମାନ୍ୟତାର ମଞ୍ଜୁର ଦେବା ସହ ଆସନ୍ତାକାଲି ଏହାର ବିଜ୍ଞପ୍ତି ଚିଠା ପଦ୍ମପୁରରେ ଦେଖାଇବେ କି ବୋଲି ପଦ୍ମପୁରରେ ପ୍ରଚାର କରିବା ଅବସରରେ ପ୍ରଶ୍ନ କରିଛନ୍ତି କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ । ନିଜ ପ୍ରଚାର କାର୍ଯ୍ୟକ୍ରମର ତୃତୀୟ ଦିନରେ କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ ବରଗଡ଼ ଜିଲ୍ଲା ପଦ୍ମପୁର ନିର୍ବାଚନମଣ୍ଡଳୀର ଝାରବନ୍ଧ, ବରିହାପାଲି, ଜାମଲା, ମେଲଛାମୁଣ୍ଡା ସମେତ ବିଭିନ୍ନ ସ୍ଥାନରେ ଶୋଭାଯାତ୍ରାରେ ଯୋଗଦେବା ସହ ଆୟୋଜିତ ଜନସଭାରେ ଯୋଗ ଦେଇଛନ୍ତି । ବିଶାଳ ଜନସଭାକୁ ସମ୍ବୋଧିତ କରି କେନ୍ଦ୍ରମନ୍ତ୍ରୀ କହିଛନ୍ତି ଯେ ମୁଖ୍ୟମନ୍ତ୍ରୀ ଆସନ୍ତାକାଲି ପଦ୍ମପୁରକୁ ପ୍ରଚାର କରିବା ପାଇଁ ଆସୁଥିବା ଖବର ଗଣମାଧ୍ୟମରେ ପ୍ରକାଶ ପାଇଛି । ଆମ ଦଳ ବିଜେପିର ଅପେକ୍ଷା ରହିବ, ସେ ବିଜେଡ଼ି ଦଳର ସଭାପତି ଭାବରେ ପଦ୍ମପୁରକୁ ଜିଲ୍ଲା ମାନ୍ୟତା ଦେବାର ପ୍ରତିଶ୍ରୁତି ନ ଦେଇ ରାଜ୍ୟର ମୁଖ୍ୟମନ୍ତ୍ରୀ ଭାବରେ ଆଜି ରାତିରେ ଏଥିପାଇଁ କ୍ୟାବିନେଟ୍ ବସାନ୍ତୁ । କ୍ୟାବିନେଟରେ ପଦ୍ମପୁରକୁ ଜିଲ୍ଲା ମାନ୍ୟତାର ମଞ୍ଜୁର ପ୍ରଦାନ କରନ୍ତୁ। ଏହାସହ ଆସନ୍ତାକାଲି ପଦ୍ମପୁରକୁ ପ୍ରଚାର କରିବା ଆସିବାବେଳେ ମୁଖ୍ୟମନ୍ତ୍ରୀ ଜିଲ୍ଲା ଗଠନ କରିବାର ବିଜ୍ଞପ୍ତି ଚିଠା ଧରି ଆସନ୍ତୁ ଏବଂ ଜନସାଧାରଣଙ୍କ ସମ୍ମୁଖରେ ପ୍ରକାଶ କରିବା ନେଇ ଆମ ଦଳର ଅପେକ୍ଷା ରହିଛି । ରାଜ୍ୟରେ ମୁଖ୍ୟମନ୍ତ୍ରୀ ଭାବରେ ସେ ଏଭଳି ପଦକ୍ଷେପ ନେଇପାରିବେ କି ବୋଲି ଶ୍ରୀ ପ୍ରଧାନ ପ୍ରଶ୍ନ କରିଛନ୍ତି ।କେନ୍ଦ୍ରମନ୍ତ୍ରୀ କହିଛନ୍ତି ଯେ ଓଡ଼ିଶାର ଶିକ୍ଷକମାନେ ରାଜଧାନୀ ରାଜରାସ୍ତାରେ ଆନ୍ଦୋଳନ କରୁଛନ୍ତି। ରାଜ୍ୟର ସ୍କୁଲ ପିଲା ମାନଙ୍କର ଭବିଷ୍ୟତ ନିର୍ମାଣ କରୁଥିବା ଶିକ୍ଷକଙ୍କୁ ମାନସିକ ଯନ୍ତ୍ରଣା ଦିଆଯାଉଛି। ସ୍ଥାୟୀ ନିଯୁକ୍ତି ନାହିଁ। ବରିଷ୍ଠ ଓ କନିଷ୍ଠ ଶିକ୍ଷକଙ୍କ ମଧ୍ୟରେ ପାତରଅନ୍ତର କରିବା ଭଳି ନୂଆ ନୀତି ନିୟମ ନିର୍ଦ୍ଧାରଣ କରାଯାଉଛି। ନବୀନ ସରକାରଙ୍କ ନୀତି ଓ ନିୟମକୁ ନେଇ ଅସନ୍ତୋଷ ଦେଖାଗଲାଣି । ସ୍କୁଲରେ ପଢୁଥିବା ପିଲା ମାନଙ୍କର ଭବିଷ୍ୟତକୁ ହତାଦର କରାଯାଉଛି। ଓଡ଼ିଶାକୁ ଅନ୍ଧକାରରେ ରଖିବାରେ ଷଡଯନ୍ତ୍ର ରଚାଯାଉଛି । ତା'ର ପ୍ରତିଫଳନ ପଦ୍ମପୁର ଉପନିର୍ବାଚନରେ ହେବ ।ଧାନ, ଜଳସେଚନ, ରୋଜଗାର, ଇନପୁଟ ସବସିଡି ନମିଳିବା, ପଦ୍ମପୁରକୁ ଜିଲ୍ଲା ମାନ୍ୟତା ନଦେବାର ଲମ୍ବା ତାଲିକା ଅଛି। ଏହି ଅଂଚଳରୁ ହଜାର ହଜାର ଲୋକ ଦାଦନ ଖଟିବାକୁ ଯାଉଛନ୍ତି । ଦୀର୍ଘ ୨୨ ବର୍ଷ ଶାସନରେ ଯେଉଁମାନେ କାମ ଖଣ୍ଡେ ଯୋଗାଡ କରିପାରିଲେ ନାହିଁ, ଗଙ୍ଗାଧର ଜଳସେଚନ ପ୍ରକଳ୍ପରେ ପାଣି ମୁନ୍ଦେ ପହଂଚାଇପାରିଲେ ନାହିଁ, ସେମାନେ ଆଜି ମିଛ ସୁଆଙ୍ଗ ରଚୁଛନ୍ତି । ସବୁଠି ଅବ୍ୟବସ୍ଥା ଦେଖାଯାଇଛି। ୨୨ ବର୍ଷରେ ଯେଉଁମାନେ ଏହି ଅଂଚଳକୁ ଅଣଦେଖା କରିଛନ୍ତି, ସେମାନଙ୍କୁ ପଦ୍ମପୁରବାସୀ ଜବାବ୍ ଦେବେ । ରାଜ୍ୟ ସରକାର ଦେଇଥିବା ପ୍ରତିଶ୍ରୁତି ପୂରଣ କରିନାହାନ୍ତି। ପଦ୍ମପୁରବାସୀ ୨୨ ବର୍ଷର ପ୍ରତାରଣାର ନିର୍ଣ୍ଣାୟକ ମତ ଦେବେ ବୋଲି କେନ୍ଦ୍ରମନ୍ତ୍ରୀ କହିଛନ୍ତି ।ଝାରବନ୍ଧ ଅନୁଷ୍ଠିତ ବିଶାଳ ମାତୃ ସମାବେଶ ପଦ୍ମପୁର ଉପନିର୍ବାଚନରେ କୁନା ପୁରୋହିତଙ୍କ ବିଜୟର ବଡ ପ୍ରମାଣ ଦେଉଛି। ଓଡ଼ିଶା ବିଧାନସଭାରେ ଗରିବ, ଜନଜାତି, କେନ୍ଦୁପତ୍ର ତୋଳାଳୀ, ଚାଷୀ, ବଂଚିତ ଲୋକମାନଙ୍କ ସ୍ୱାର୍ଥକୁ ଉଠାଇଛନ୍ତି । ଚାଷୀ, ଆଦିବାସୀ, ମହିଳା, ଯୁବକ ଓ ସବୁ ବର୍ଗର ଲୋକମାନେ ତାଙ୍କ ଉପରେ ଭରସା ରଖିଛନ୍ତି। ପଦ୍ମପୁରର ମା' ମାଉସୀ ତଥା ମାତୃଶକ୍ତି ମାନଙ୍କର ଆଶୀର୍ବାଦ ପ୍ରଧାନମନ୍ତ୍ରୀ ମୋଦି ଏବଂ ଦଳର ପ୍ରାର୍ଥୀ କୁନା ପୁରୋହିତଙ୍କ ପ୍ରତି ରହିଛି । ତାଙ୍କୁ ଭୋଟ ଦେବା ପାଇଁ ପଦ୍ମପୁର ମନବଳାଇ ସାରିଛି ବୋଲି ଶ୍ରୀ ପ୍ରଧାନ ମତପ୍ରକାଶ କରିଛନ୍ତି ।

# ଓଡ଼ିଶା ଅକ୍ଷୟଶକ୍ତି ନୀତି-୨୦୨୨ ଘୋଷିତ

ଭୁବନେଶ୍ୱର, ୧।୧୨(ପି.ଏନ): ମେକ୍ ଇନ୍ ଓଡ଼ିଶା କନ୍‌କ୍ଲେଭ୍ ର ତୃତୀୟ ସଂସ୍କରଣ-୨୦୨୨ର ପ୍ରଥମ ଦିନରେ ଓଡ଼ିଶା ଅକ୍ଷୟ ଶକ୍ତି ନୀତି-୨୦୨୨ ଘୋଷିତ ହୋଇଛି । ଅକ୍ଷୟ ଶକ୍ତି ସଂପର୍କିତ ଏକ ବିଜିନେସ୍ ଲିଡର ଅଧିବେଶନରେ ଯୋଗଦେଇ ଶକ୍ତି, ଶିଳ୍ପ, ଏମ୍‌ଏସ୍‌ଏମ୍‌ଇ ମନ୍ତ୍ରୀ ପ୍ରତାପ କେଶରୀ ଦେବ ଅକ୍ଷୟ ଶକ୍ତି ନୀତି ଘୋଷଣା କରିଛନ୍ତି । 'ସବୁଜ ଶକ୍ତି ଅଭିମୁଖେ' ଶୀର୍ଷକ ଏହି ବକ୍ତୃତାମାଳାରେ ମନ୍ତ୍ରୀ ଶ୍ରୀ ଦେବ କହିଛନ୍ତି ଯେ ରାଜ୍ୟରେ ଅକ୍ଷୟ ଶକ୍ତି ଉତ୍ପାଦନ କ୍ଷମତାରେ ୧୦ ହଜାର ମେଗାୱାଟ୍ ବୃଦ୍ଧି ପାଇଁ ନୀତିରେ ବ୍ୟବସ୍ଥା ରହିଛି । ଏହା ସହିତ ରାଜ୍ୟରେ ବିଭିନ୍ନ ଅକ୍ଷୟ ଶକ୍ତି ପ୍ରକଳ୍ପ ବିକାଶ ନିମନ୍ତେ ବହୁମୁଖୀ ରିହାତି ବ୍ୟବସ୍ଥା ପ୍ରବର୍ତନ କରାଯାଇଛି ।









# ଟି ଟାଇମ୍

## ଇତିହାସରେ ଆଜି ଦିନ

ଆଜି ହେଉଛି ଡିସେମ୍ବର ୦୧ ତାରିଖ । ଆଜିର ଦିନରେ ବିଶ୍ୱ ଇତିହାସରେ ଅନେକ ଘଟଣା ଓ ଦୁର୍ଘଟଣାମାନ ଘଟିଛି । ବହୁ ବରପୁତ୍ର ତଥା ପ୍ରଖ୍ୟାତ କଳାକାର ମଧ୍ୟ ଆଜି ଜନ୍ମ ହୋଇଛନ୍ତି । ଆଜିର ଦିନରେ ଇତିହାସ ପୃଷ୍ଠାରେ କ'ଣକ'ଣ ଘଟଣା ଘଟିଥିଲା ଆସନ୍ତୁ ଜାଣିବା :

- ବିଶ୍ୱ ଏଡ୍‌ସ ଦିବସ
- ଭାରତୀୟ ସୀମା ସୁରକ୍ଷା ବାହିନୀ (ବିଏସ୍‌ଏଫ୍ ପ୍ରତିଷ୍ଠା ହୋଇଥିଲା (୧୯୬୫)
- ବିହାରର-ଲକ୍ଷ୍ମଣପୁର ବାଥେଠାରେ ରଣବୀର ସେନା ରଚାଇଲା ନରସିଂହାର (୧୯୯୭)
- ନାଗାଲାଣ୍ଡ ଭାରତର ୧୬ତମ ରାଜ୍ୟରେ ପରିଣତ ହେଲା (୧୯୬୩)
- ୟୁନାଇଟେଡ୍ ନେଶନ୍‌ରେ ଯୋଗଦେଲା ଆଙ୍ଗୋଲା (୧୯୬୭)
- ବେନଜୀର ଭୁଟ୍ଟୋଙ୍କୁ ପାକିସ୍ତାନର ପ୍ରଧାନମନ୍ତ୍ରୀ ରୂପେ ନିଯୁକ୍ତି କରାଗଲା (୧୯୮୮)

## ପ୍ଲାଷ୍ଟିକ୍ ବେବି



ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି । ୮ବର୍ଷର ଝିଅ ଜେସିକା ଓ୍ୱାକର, ପିକା ନାମକ ରୋଗରେ ପୀଡ଼ିତ । ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ । ଜେସିକାର ମା' ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ । ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ । ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା' ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ୍ୟ ଏକା ପରିସ୍ଥିତି ଉପୁଜିଥିଲା । ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍‍ୟାପ୍ ବା ଜରିକୁ ଖାଆନ୍ତି । ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ । ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ । ଏଥିପାଇଁ ଜେସିକାର ମା' ବହୁତ ଚିନ୍ତିତ ଅଛନ୍ତି ।

## ଚର୍ଚ୍ଚାରେ 'ହରାମ୍‌ଖୋର'

ନୱାଜଉଦ୍ଦିନ ସିଦ୍ଦିକି ଓ ଶ୍ୱେତା ତ୍ରିପାଠୀଙ୍କ ଅଭିନୀତ ଫିଲ୍ମ 'ହରାମ୍‌ଖୋର'ର ଟ୍ରେଲର ରିଲିଜ କରାଯାଇଛି । ପୂର୍ବରୁ ଫିଲ୍ମକୁ ନେଇ କିଛି ସମସ୍ୟା ଦେଖାଦେଇଥିଲା । ମାତ୍ର ଫିଲ୍ମଟି ସମାଜକୁ ଏକ ସୁନ୍ଦର ବାର୍ତ୍ତା ପ୍ରଦାନ କରୁଥିବାରୁ ଏହାର ବ୍ୟାନକୁ ହଟାଇଦିଆଯାଇଛି । ଗୁଜୁରାଟର ଏକ ଛୋଟ ଗାଁରେ ସୁଟିଂ କରାଯାଇଛି ସମ୍ପୂର୍ଣ୍ଣ ଫିଲ୍ମ । ଶ୍ଲୋକ ଶର୍ମାଙ୍କ ନିର୍ଦ୍ଦେଶନାରେ ମାତ୍ର ୧୬ଦିନରେ ଶେଷ ହୋଇଛି ପୂରା ଫିଲ୍ମର ସୁଟିଂ । ଫିଲ୍ମର କାହାଣୀରେ ଜଣେ ୧୪ବର୍ଷର ଝିଅର ନିଜ



ପ୍ରଫେସରଙ୍କ ସହ ପ୍ରେମକାହାଣୀକୁ ଦର୍ଶାଯାଇଛି । ନିଛକ ଗାଁର ଛବି ଓ ଏହାର ସଙ୍ଗୀତ ଟ୍ରେଲରଟିକୁ ଅଧିକ ଆକର୍ଷଣୀୟ କରିଛି ।

# ପୁରାଣ କାହାଣୀ

## କୁଟୁମ୍ବେଶ୍ୱର ମହାଦେବଙ୍କ ମହାତ୍ମ୍ୟ



ସଂସାର ହିତ ଲାଗି ସୋମବତୀ ଅମାବାସ୍ୟା କୁଟୁମ୍ବେଶ୍ୱର ଲିଙ୍ଗଙ୍କୁ ଦର୍ଶନ କଲେ କୁଟୁମ୍ବ ବୃଦ୍ଧି ପାଇବା ସହ ସମସ୍ତ ପାପ ଦୂର ହୋଇଥାଏ । ରବିବାର, ସୋମବାର, ଅଷ୍ଟମୀ, ଚତୁର୍ଦ୍ଦଶୀ ତଥା ସୋମବତୀ ଦିନ ଶିପ୍ରା ନଦୀରେ ସ୍ନାନ କରି କୁଟୁମ୍ବେଶ୍ୱରଙ୍କୁ ଦର୍ଶନ କଲେ ସୁଫଳ ମିଳିଥାଏ । ଏହାସହ ସ୍କନ୍ଦ ପୁରାଣରେ କୁଟୁମ୍ବେଶ୍ୱରଙ୍କ ମହାତ୍ମ୍ୟ ବର୍ଣ୍ଣନା କରାଯାଇଛି । ଏକଦା ଦେବତା ଓ ରାକ୍ଷସ ସମୁଦ୍ର ମନ୍ଥନ କରୁଥିବା ବେଳେ ବିଷ ଉତ୍ପନ୍ନ ହେଲା । ଏହାଦେଖି ରାକ୍ଷସ ଓ ଦେବତାମାନେ ବିଚଳିତ ହୋଇ ଉଠିଲେ । ସେମାନେ ଭଗବାନ ଶିବଙ୍କ ନିକଟକୁ ଯାଇ ସମସ୍ତ କଥା ପ୍ରକାଶ କରି ବିଷକୁ ଦୂର କରିବା ଲାଗି ପ୍ରାର୍ଥନା କଲେ । ମହାଦେବ ସମସ୍ତ କଥା ଶୁଣିବା ପରେ ମୟୂର ରୂପ ଧାରଣ କରି ସେହି ବିଷକୁ ପାନ କରିବା ଦ୍ୱାରା ତାଙ୍କ କଣ୍ଠ ନୀଳ ପଡିଗଲା । କିନ୍ତୁ ମହାଦେବ ଏହି ବିଷକୁ ଦୂର କରିବା ଲାଗି ଶିପ୍ରା ନଦୀକୁ ଆଦେଶ ଦେଲେଯେ ଏହି ବିଷକୁ ନେଇ ସେ ମହାକାଳ ବଣରେ ଥିବା କାମେଶ୍ୱରସ୍ଥିତ ଏକ ଲିଙ୍ଗ ଉପରେ ଚଢ଼ାଇ ଦିଅ । ମା' ଶିପ୍ରା ନଦୀ ଉକ୍ତ ବି:କୁ ନେଇ ଲିଙ୍ଗ ଉପରେ ଢ଼ାଳିଦେଲେ । ବିଷର ପ୍ରଭାବରେ ଯେଉଁ ପ୍ରାଣୀ ତାଙ୍କୁ ଦର୍ଶନ କରୁଥିଲେ ସେମାନେ ମୋକ୍ଷ ପ୍ରାପ୍ତ କରୁଥିଲେ । କିଛି ବ୍ରାହ୍ମଣ ତୀର୍ଥ ଯାତ୍ରା କରିବା ଲାଗି ଏହି ଲିଙ୍ଗ ନିକଟକୁ ଆସି ଦର୍ଶନ କଲେ । ଦର୍ଶନ ଫଳରେ ସମସ୍ତ ବ୍ରାହ୍ମଣ ଦେହତ୍ୟାଗ କଲେ ଏହାଦ୍ୱାରା ତାଙ୍କ କୁଟୁମ୍ବ ଲୋପ ପାଇବାକୁ ଲାଗିଲା । ଏହା ଦେଖି କିଛି ବ୍ରାହ୍ମଣ ତାଙ୍କ କୁଟୁମ୍ବକୁ ବଞ୍ଚାଇବା ଲାଗି ଭଗବାନ ଶିବଙ୍କୁ ପ୍ରାର୍ଥନା କଲେ ଉକ୍ତ ପ୍ରାର୍ଥନାକୁ ସ୍ୱୀକାର କରି ମହାଦେବ କହିଲେ ରାଜା ଲକୁଲିଶ ଏହି ଲିଙ୍ଗଙ୍କୁ ଦର୍ଶନ କଲେ ବିଷର ପ୍ରଭାବ ଆପେ ଆପେ ଦୂର ହୋଇଯିବ । ଏହି ଲିଙ୍ଗକୁ କୁଟୁମ୍ବେଶ୍ୱର କୁହାଯିବ କହି ମହାଦେବ ଅନ୍ତର୍ଦ୍ଧାନ ହୋଇଗଲେ ସେବେଠାରୁ ଏହି ଲିଙ୍ଗର ନାମ କୁଟୁମ୍ବେଶ୍ୱର ରହି ଆସିଛି ।

## ୫୦୦ କୋଟି ବନାମ ୫୦୦ଟଙ୍କା

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ବିମୁଦ୍ରାକରଣ ନୀତି ସତ୍ତ୍ୱେ ଦେଶବାସୀ ଦେଖିଥିଲେ କର୍ଣ୍ଣାଟକର ପୂର୍ବତନ ମନ୍ତ୍ରୀ ତଥା ଖଣି ମାଲିକ ଜନାର୍ଦ୍ଦନ ରେଡ୍ଡୀଙ୍କ ଝିଅ ବ୍ରାହ୍ମଣୀଙ୍କ ୫୦୦ କୋଟିର ବିବାହ । ବିବାହ କାର୍ଡ, ପୋଷାକଠାରୁ ଆରମ୍ଭ କରି ଭୋଜିଭାତରେ ଖର୍ଚ୍ଚ ହୋଇଥିଲା କୋଟି କୋଟି ଟଙ୍କା । ଏବେ କିନ୍ତୁ ଦେଶବାସୀ ଏହି ନୀତିର ଅପରପାର୍ଶ୍ୱ ଦେଖିବାକୁ ପାଇଛନ୍ତି । ସାଧାରଣ ଜନତା ଏହି ନୀତି ଦ୍ୱାରା କେତେମାତ୍ରାରେ ପ୍ରଭାବିତ ହୋଇଛନ୍ତି ତାହାର ଜ୍ୱଳନ୍ତ ଉଦାହରଣ ସାଜିଛି ସୁରଟର ଦକ୍ଷା ପରମାର୍ ଓ ଭାରତ ମାରୁଙ୍କ ମାତ୍ର ୫୦୦ ଟଙ୍କାର ବିବାହ । ସୁରଟର ଏକ ଇଲେକଟ୍ରିସିଟି କମ୍ପାନୀରେ ଟେକ୍ନିସିଆନ ଭାବେ କାର୍ଯ୍ୟ କରୁଥିବା ରାଜ୍ ପରମାର୍ ନିଜ ଝିଅ ଦକ୍ଷାଙ୍କ ବିବାହ ଠିକ୍ କରିଥିଲେ କମ୍ପ୍ୟୁଟର ଇନିୟର ଭାରତ ମାରୁଙ୍କ ସହ । ଦୀପାବଳି ପୂର୍ବରୁ ଉଭୟ ପରିବାରର ମିଳାମିଶା ପରେ ବିବାହ ତାରିଖ ଦୀପାବଳି ପରେ ତଥା ନଭେମ୍ବର ୨୪କୁ ନିର୍ଦ୍ଧାରଣ କରାଯାଇଥିଲା । ଏହା ମଧ୍ୟ ସ୍ଥିର କରାଯାଇଥିଲା କି ଖୁବ୍ ଧୂମ୍‌ଧାମରେ ବିବାହ କରାଯିବ । ମାତ୍ର ୮ ତାରିଖରେ ୫୦୦ ଓ



୧୦୦୦ ଟଙ୍କିଆ ଅଚଳ ଉପରେ ଭାଷଣ ଶୁଣିବା ପରେ ଚିନ୍ତାରେ ଆସିଯାଇଥିଲେ ଉଭୟ ପରିବାର । ଜାକଜମକରେ କରିବାକୁ ଥିବା ବିବାହ ଆଶା ମଉଳି ଯାଇଥିଲା ସେମାନଙ୍କର । ନିର୍ଦ୍ଧାରିତ ତାରିଖ ପରିବର୍ତ୍ତେ ଅନ୍ୟ ତାରିଖରେ ବିବାହ କରିବା ପାଇଁ ଯୋଜନା କରିବାକୁ ଆରମ୍ଭ କରିଥିଲେ । କିନ୍ତୁ ସେହି ସମୟରେ ଦକ୍ଷା ଏକ ଉପାୟ ଚିନ୍ତା କରିଥିଲେ । ସେ ବିନା ଆଡମ୍ବରରେ ଭୋଜିରେ କେବଳ ଚା ଓ ପାଣିର ବ୍ୟବସ୍ଥା କରି ବିବାହ କରିବାର ପ୍ରସ୍ତାବ ପରିବାର ସଦସ୍ୟଙ୍କୁ ଦେଇଥିଲେ । ପ୍ରଥମେ ପରିବାର ଲୋକଙ୍କୁ ଦକ୍ଷାଙ୍କ ଏହି ପ୍ରସ୍ତାବ ଉଚିତ ଲାଗିନଥିଲା । କିନ୍ତୁ ବାରମ୍ବାର ବୁଝାଇବା ପରେ ସେମାନେ ରାଜି ହୋଇଥିଲେ । ପରେ ଉଭୟ ଦକ୍ଷା ଏବଂ ତାଙ୍କ ପରିବାର ସଦସ୍ୟ ମିଶି ଭାରତଙ୍କ ପରିବାର ଲୋକଙ୍କୁ ପ୍ରସ୍ତାବ ଦେଇଥିଲେ । ପ୍ରଥମେ ମଧ୍ୟ ଭାରତଙ୍କ ପରିବାର ଠାରୁ ଅନୁରୂପ ପ୍ରତିକ୍ରିୟା ମିଳିଥିଲା । ମାତ୍ର ପରେ ସେମାନେ ମଧ୍ୟ ରାଜି ହୋଇଯାଇଥିଲେ । କାରଣ ତାଙ୍କ ପାଇଁ ପିଲାମାନଙ୍କ ବିବାହ ଅଧିକ ଗୁରୁତ୍ୱ ରଖୁଥିଲା ସେଥିରେ ଖର୍ଚ୍ଚର ପରିମାଣ ନୁହେଁ । ଦୁଇ ପରିବାରର ସମ୍ମତିରେ ବିନା ଜାକଜମକରେ ବେଦ୍ ରୋଡ ଠାରେ ଥିବା ଏକ କମ୍ୟୁନିଟି ହଲ୍‌ରେ ଆୟୋଜିତ ହୋଇଥିଲା ବିବାହ । ସେଥିରେ କନ୍ୟାପକ୍ଷରୁ ପ୍ରାୟ ୫୦ ଜଣ ଓ ବର ପକ୍ଷରୁ ପ୍ରାୟ ୧୨୫ ରୁ ୧୫୦ ଜଣ ନିମନ୍ତ୍ରିତ ଅତିଥି ଯୋଗ ଦେଇଥିଲେ । ସମସ୍ତ ଅତିଥିଙ୍କୁ ଭୋଜିରେ ଦିଆଯାଇଥିଲା ଗୋଟିଏ ଗ୍ଲାସ ପାଣି ଓ କପେ ଚା । ଏପରି ବିବାହରେ ଅତିଥି ମାନେ ମଧ୍ୟ ପୂର୍ଣ୍ଣ ସମର୍ଥନ ଜଣାଇଥିଲେ । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଦକ୍ଷା ଓ ଭାରତଙ୍କ ଏହି ବିବାହକୁ ପ୍ରଶଂସା କରିଛନ୍ତି । ମନ୍ କୀ ବାତ୍ କାର୍ଯ୍ୟକ୍ରମରେ ସେ କହିଛନ୍ତି ମୁଁ ଚାଏ ପେ ଚର୍ଚ୍ଚା ଆରମ୍ଭ କରିଥିଲି କିନ୍ତୁ ଏହି ଚା ଏବେ ବିବାହ ମଣ୍ଡପରେ ପହଞ୍ଚି ଗଲାଣି ଜାଣି ଖୁସି ଲାଗୁଛି ।

## ଲାଭଦାୟକ ୱେବ୍‌ସାଇଟ୍

ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି । ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ । ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ । କଥାରେ କହନ୍ତି ବାପାମା'ଙ୍କୁ ଛାଡ଼ିଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ । କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ । ଜାପାନର ଏକ ୱେବ୍‌ସାଇଟ୍ ନ୍ତରେଣ୍ଟଏବାଇଫଅଟୋବା ଡଟ୍ କମ୍'ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା



ମଧ୍ୟ ଭଡ଼ାରେ ମିଳିଥାନ୍ତି । ବର୍ତ୍ତମାନ ଜାପାନରେ ଏହି ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି । ଏହି ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ । ଜାଣିରଖନ୍ତୁ ଏହି ୱେବ୍ ସାଇଟ୍‌ରେ କ'ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ୍ୟ ଉପଲବ୍ଧ କରେଇଥାଏ । ଏଠାରେ ଆପଣଙ୍କୁ ଭଲ ପାଉଥିବା ମାତା-ପିତା ମଧ୍ୟ ମିଳିଥାନ୍ତି । ଏହା ବ୍ୟତୀତ ଏହା ଏପରି ଏକମାତ୍ର ୱେବ୍‌ସାଇଟ୍ ଯାହା ଅନ୍ତଃବସ୍ତ୍ରକୁ ଭଡ଼ାରେ ଦେଇଥାଏ । ଯଦି ଆପଣ ଆପଣଙ୍କର ବୋରିଂନେସ୍‌କୁ ଦୂର କରିବାକୁ ଚାହୁଁଛନ୍ତି ତେବେ ଆବଶ୍ୟକ ହେଲେ ଏକ ଛୋଟ ସୁନ୍ଦର ଶିଶୁ ସହିତ ମଧ୍ୟ ସମୟ ଅତିବାହିତ କରିପାରିବେ । ଯଦି ଆପଣଙ୍କ ପାଖରେ ସମୟ ନାହିଁ କିମ୍ବା ଆପଣ ପିଲାଙ୍କ ସ୍କୁଲ ଘରପାଠ କରିବାରେ ସାହାଯ୍ୟ କରି ପାରୁନାହାନ୍ତି ତେବେ ଏହି ୱେବ୍‌ସାଇଟଟି ଆପଣଙ୍କ ପାଇଁ ଏପରି ଏକ ବ୍ୟକ୍ତି ଠିକ୍ କରିଦେବେ ଯିଏ ଆପଣଙ୍କ ପିଲାର ଘରପାଠ କରିବାରେ ମଧ୍ୟ ସାହାଯ୍ୟ କରିବ ।

# ଆଜିର ଭାଗ୍ୟ

**ମେଷ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ । ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ । ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ । ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ ।

**ବୃଷ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି । ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନ କରିବେ । ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ । ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ ।

**ମିଥୁନ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ । ଆନୁଷ୍ଠାନିକ କାମରେ ସଫଳତା ପାଇବେ । ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ । ପରିବହନରେ ଉନ୍ନତି କରିବେ । ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ ।

**କର୍କଟ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ । ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି । ସ୍ଥଗିତ କାମକୁ ତ୍ୱରାନିତ କରିବେ । ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ । ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି ।

**ସିଂହ** – ଇଚ୍ଛା ନଥିଲେ ମଧ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ । ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ । ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ ।

**କନ୍ୟା** – ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ । ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ । ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ ।

**ତୁଳା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ । ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ । ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ । ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ ।

**ବିଛା** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ । କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି । ବକେୟା ଟଙ୍କା ମିଳିବାର ଯୋଗ ରହିଛି । ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ ।

**ଧନୁ** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ । ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ । ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ । ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ ।

**ମକର** – ଯେତେ ତ୍ୟାଗ ସ୍ୱିକାର କଲେ ମଧ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ । ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ । ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ । ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ ।

**କୁମ୍ଭ** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ । ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ । ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ । ମହିଳାମାନେ ଅଶାନ୍ତି ରହିବେ ।

**ମୀନ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ । ଶାରୀରିକ ଅସୁସ୍ଥତା ଫେରି ପାଇବ । ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ । ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି । ମହିଳାଙ୍କ ମନୋବଳ ଦୃଢ଼ ରହିବ ।

## ମୃତ୍ୟୁକୁ ନେଇ ଆତଙ୍କ



ଭୟଙ୍କର ଗାଁ ନାମ ଶୁଣିବା କ୍ଷଣି ମନରେ ଅନେକ ପ୍ରଶ୍ନ ଉଙ୍କି ମାରେ । କ'ଣ ପାଇଁ ଗାଁର ଏପରି ବିଚିତ୍ର ନାମ ରହିଛି ? ଏହା ପଛରେ ରହସ୍ୟ କ'ଣ ଜାଣିବାକୁ ମଧ ଜିଜ୍ଞାସା ଯାତ ହୋଇଥାଏ । ପଞ୍ଜାପୁରର ବଡଗାଁଓ ଭୟଙ୍କର ଗ୍ରାମ ଭାବେ ପ୍ରସିଦ୍ଧ । ଏହି ଗ୍ରାମରେ ଆଜିକୁ ୨୨ ବର୍ଷ ତଳେ ଜଣେ ବ୍ୟକ୍ତିର ମୃତୁ ଘଟିଥିଲା । ବାଶ୍ ତା' ପରେ ବିଗତ ୨୨ ବର୍ଷର ଠାରୁ ପ୍ରତି ଦଶ ଦିନ ଅନ୍ତରରେ ପ୍ରତ୍ୟେକଙ୍କ ଘରୁ ଜଣେ ଲେଖାଏଁ ସଦସ୍ୟଙ୍କର ମୃତ୍ୟୁ ହେବାରେ ଲାଗିଛି । ଗ୍ରାମବାସୀମାନେ କେବଳ ଚିନ୍ତାରେ ରହିଥାନ୍ତି ଯେ, କାହାର ମୃତ୍ୟୁ ଘଟିଲା ଏବଂ ଏବେ ଆଉ କାହାର ପାଳି ପଡିବ । ଏହାକୁ ଗ୍ରାମବାସୀଙ୍କ ଦୁର୍ଭାଗ୍ୟ କୁହାଯିବ ନା ଅନ୍ଧବିଶ୍ୱାସ ନା ଆଉ କିଛି ? ବରିଷ୍ଠ ବ୍ୟକ୍ତି, ଡାକ୍ତର ଓ ଶିକ୍ଷକ ଏସବୁ ବିଶ୍ୱାସ କରିବାକୁ ବାଧ । କିଛି ରୋଗ ନଥାଇ ଆଖି ସାମନାରେ ଭଲ ଲୋକଙ୍କର ଏଠାରେ ମୃତ୍ୟୁ ହେବାରେ ଲାଗିଛି ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...

ଋଗ୍ ବେଦ ୧୦/୧୯୧-୨-୪




ଭୁବନେଶ୍ୱର, ୨୦୨୨, ଡିସେମ୍ବର ୦୨

# ପରିବେଶ ସୁରକ୍ଷା ପାଇଁ ଚିନ୍ତା !



ପରିବେଶ ପ୍ରଦୂଷଣ ଆଜି ସମଗ୍ର ବିଶ୍ୱ ପାଇଁ ଚିନ୍ତାର କାରଣ ହୋଇଛି । ବିଗତ ଦିନରେ ଭୟଙ୍କର ଭୂମିକମ୍ପ ନେପାଳର ଜନଜୀବନ ଓ ଅର୍ଥନୀତିକୁ ଧ୍ୱସ୍ତବିଧ୍ୱସ୍ତ କରିଦେଇଥିବା ବେଳେ ଆମ ଦେଶ ତଥା ରାଜ୍ୟରେ ମଧ୍ୟ ଏହାର ପ୍ରଭାବ ଅନୁଭୂତ ହୋଇଥିଲା। ଏହି ଭୂକମ୍ପର ନିର୍ଘାତ ପ୍ରହାରରେ ନେପାଳ ସମେତ ସିକିମ୍, ଭୁଟାନ, ଭାରତ, ପାକିସ୍ତାନ ପର୍ଯ୍ୟନ୍ତ ଏସୀୟ ଭୂଖଣ୍ଡ ଥରିଉଠିଥିଲା। ହିମାଳୟରେ ବାଦଲଫଟା ବର୍ଷାରୁ ସୃଷ୍ଟ ଉତ୍ତରାଖଣ୍ଡ ମହାପ୍ରଳୟ କଥା ଏବେବି ମନରୁ ଲିଭିନି। ସେହି ମହାପ୍ରଳୟର କଥା ମନେପଡିଲେ ଏବେବି ଲୋମ ଟାଙ୍କୁରି ଉଠେ, ଦୀର୍ଘଶ୍ୱାସ ବାହରି ଆସେ। ବିଗତ ଦିନରେ ଜାପାନରେ ଘଟିଯାଇଥିବା ଭୂମିକମ୍ପ ଓ ସୁନାମି ପ୍ରକୃତିର କ୍ରୁରତା ଓ ପରିବେଶ ପ୍ରଦୂଷଣ ଭୟାବହତାର ଜ୍ୱଳନ୍ତ ଦୃଷ୍ଟାନ୍ତ । ସେହିପରି ୧୯୯୯ ମସିହାରେ ମହାବିନାଶକାରୀ ମହାବାତ୍ୟା ଓ ୧୯୯୮ର ଅଂଶୁଘାତଜନିତ ପରିସ୍ଥିତିକୁ ଆମେ ଭୁଲିପାରିବା ନାହିଁ । ଆଗାମୀ ଦିନରେ ପ୍ରକୃତିର ଏହି କ୍ରୁର ରୂପ କିଭଳି ଆକାର ଧାରଣ କରିବ ତାହା ଆମ କଳ୍ପନାର ବାହାରେ । ପ୍ରତି ମୁହୂର୍ତ୍ତରେ ମହାପ୍ରଳୟର ଆଶଙ୍କାରେ ଆମେ ଶଙ୍କିତ ଓ ଅତିଷ୍ଠ । ପରିସ୍ଥିତି ଏପରି ହୋଇଛି ଯେ ସାମାନ୍ୟ ଟିକେ ପବନ ହେଲେ ମହାବାତ୍ୟା ଓ ଲଘୁଚାପ ସୃଷ୍ଟି ହେଲେ ସୁନାମି ଆସିବାର ଆଶଙ୍କା ଲୋକଙ୍କ ମନରେ କୋକୁଆ ଭୟ ସୃଷ୍ଟି କରୁଛି । ଜଙ୍ଗଲ ଧ୍ୱଂସ ହିଁ ଏହାର ପ୍ରମୁଖ କାରଣ ରୂପେ ଉଭା ହୋଇଛି । ଫଳସ୍ୱରୂପ, ବିଶ୍ୱ ତାପାୟନ ବଢି ଚାଲିଛି, ଭୂତଳ ଜଳସ୍ତର ନିମ୍ନଗାମୀ ହେଉଛି, ମୃତ୍ତିକା କ୍ଷୟ ବଢିବାରେ ଲାଗିଛି, ବୃଷ୍ଟିପାତ ହ୍ରାସ ପାଉଛି, ଉତ୍ପାଦନ ବ୍ୟାହତ ହେଉଛି ଓ ସର୍ବୋପରି ପରିବେଶ ଦିନକୁ ଦିନ ପ୍ରଦୂଷିତ ହେବାରେ ଲାଗିଛି । ବିଶ୍ୱ ତାପାୟନ ଓ ଜଳବାୟୁ ପରିବର୍ତ୍ତନ ଯୋଗୁଁ ଋତୁଚକ୍ରରେ ପରିବର୍ତ୍ତନ ଦେଖାଦେଇଛି । ଛଅ ଋତୁ ଆଜି ସାତ ସପନ । ପୌଷ ଓ ମାଘର ହାଡଭଙ୍ଗା ଶୀତ ଆଉ ନାହିଁ । ଶୀତର ପ୍ରଭାବ ଢେର କମି ଗଲାଣି । ଗରମ ପୋଷାକ ଆଗ ଭଳି ଦରକାର ପଡୁନି । ବରଂ ଘରେ ଫ୍ୟାନ୍‌ର ଆବଶ୍ୟକତା ପଡୁଛି । ଫାଲ୍‌ଗୁନ-ଚୈତ୍ର ନା ଥାଏ ଖରା ନା ଶୀତ । ମଳୟ ପବନ ସାଥେ ଭାସିଆସେ କୋଇଲିର କୁହୁତାନ । ମୃଦୁ ମଳୟ ପବନ ତନୁମନରେ ଶିହରଣ ଆଣେ । କିନ୍ତୁ ଆଗଭଳି ଶୁଭୁନାହିଁ କୋଇଲିର ସ୍ୱର କି ବହୁନାହିଁ ସୁଲୁସୁଲିଆ ପବନ । ହେମନ୍ତ ଓ ଶରତ ଋତୁର କଥା ନକହିବା ଭଲ । ଗ୍ରୀଷ୍ମଋତୁର ଅବଧି ବଢି ବଢି ଚାଲିଛି । କେବଳ ବୈଶାଖ-ଜ୍ୟେଷ୍ଠ ନୁହେଁ ବର୍ଷର ଅନେକ ସମୟରେ ମୁଣ୍ଡଫଟା ଖରା । ସବୁଠି ହା-ହୁତାଶମୟ ପରିବେଶ। ଘରେ ଗରମ ତ' ବାହାରେ ଅଗ୍ନିବର୍ଷା। ଅସହନୀୟ ହେଉଛି ଜୀବନ ଯାତ୍ରା । ଆଦ୍ୟ ଆଷାଢ଼ର ପହିଲି ବର୍ଷାର ମହକ ଆଉ ନାହିଁ । ସାରୁ ଗଛମୂଳରୁ ଶୁଭୁନି ବେଙ୍ଗର ରଡି । ଏବେ ମୌସୁମୀର ରହୁନି ଠିକଣା । ଧାରା ଶ୍ରାବଣ ହରାଇ ବସିଛି ତା'ର ପ୍ରାସଙ୍ଗିକତା । ବର୍ଷ ବର୍ଷ ଧରି ପ୍ରକୃତି ମାତା ଉପରେ ହୁମ୍‌ଦୁମ୍ ଚାଲିଛି । ମାଆ ଚପଳ ବାଳକର ହୁମ୍‌ଦୁମ୍ ସମ୍ଭାଳି ନିଏ । କିନ୍ତୁ ଏକବିଂଶ ଶତାବ୍ଦୀର ମଣିଷ ବଡ ହୋଇଛି । ଏହାର ଜ୍ଞାନ ହୋଇଛି । ବିଜ୍ଞାନ ବଳରେ ଜଗତକୁ ଜିଣିବାର ପ୍ରୟାସ ଜାରି ରଖିଛି । କିନ୍ତୁ ଏସବୁ ସତ୍ତ୍ୱେ ସେ ଜାଣି ନ ଜାଣିଲା ପରି ପ୍ରକୃତି ଉପରେ ଅତ୍ୟାଚାର କରିଚାଲିଛି । କାରଣ ଖୋଜି ବସିଲେ ପ୍ରକୃତି ବିଶ୍ୱ ମାନବ ସମାଜକୁ ଦେଇଛି ଜଳ, ବାୟୁ, ମୃତ୍ତିକା ଓ ଜଙ୍ଗଲ । ମାତ୍ର ଦ୍ରୁତ ଜନ ବିସ୍ଫୋରଣ, ଶିଳ୍ପ ଅଭିବୃଦ୍ଧି, ସଡକ ନିର୍ମାଣ, ଲୋକଙ୍କ ଚାହିଦା ମେଣ୍ଟାଇବା ପାଇଁ ବସତି ନିର୍ମାଣ ପ୍ରଭୃତି ହେତୁ ବ୍ୟାପକ ଜଙ୍ଗଲ କଟା ଚାଲିଛି । ଫଳରେ ବାୟୁମଣ୍ଡଳରୁ ଅମ୍ଳଜାନ କମି ବିଷାକ୍ତ ଅଙ୍ଗାରକାମ୍ଳ ଗ୍ୟାସ୍ ବୃଦ୍ଧି ପାଇ ବିଶ୍ୱ ତାପମାତ୍ରା ବଢିବାରେ ଲାଗିଛି । ଖାଲି ସେତିକି ନୁହେଁ କଳକାରଖାନାରୁ ନିର୍ଗତ ଗ୍ୟାସ୍ ଏବଂ ଅନ୍ୟାନ୍ୟ ରାସାୟନିକ ପ୍ରକ୍ରିୟା ଓ ପ୍ରତିକ୍ରିୟାରୁ ବାୟୁ, ଜଳ, ମୃତ୍ତିକା ମଧ୍ୟ ପ୍ରଦୂଷିତ ହେଉଛି । ଅଜ୍ଞାନ ବାଳକ ସିନା ଜାଣି ନ ଥିଲା, ହେଲେ ଏବର ବିଜ୍ଞାନୀପୁଅମାନେ ଭଲଭାବେ ଜାଣିଛନ୍ତି ଯେ ପ୍ରକୃତିମାତା ସୁକୁମାର ଭାବେ ଗଢା । ଯଦି ପୃଥିବୀର ତାପମାତ୍ରା ଆଉ ୩ ଡିଗ୍ରୀ ବଢି ଚାଲେ, ତାହାହେଲେ ମେରୁ ନିକଟରେ ଜମା ହୋଇ ଜଳବାୟୁକୁ ନିୟନ୍ତ୍ରଣ କରୁଥିବା ବରଫ ପାହାଡ ସବୁ ତରଳି ଯିବ । ଏପରି ଭାବେ ଯଦି ବରଫ ତରଳେ, ସମୁଦ୍ର ଜଳ ପତ୍ତନ ଆଉ ୧୫ ଫୁଟ୍ ବଢିଯିବ । ୧୫ ଫୁଟ୍ ତ ଦୂରର କଥା, ଜଳପତ୍ତନ ୩ ରୁ ୫ ଫୁଟ୍ ବଢିଗଲେ ସମଗ୍ର ବିଶ୍ୱ ପ୍ରଳୟରେ ଲୀନ ହେବ ! ସତରେ ଏକଥା ଆମେ କେବେ ବୁଝିବା କେଜାଣି ? ବିଶ୍ୱ ପରିବେଶ ଏଭଳି ସଙ୍କଟଜନକ ପରିସ୍ଥିତିରେ ଗତି କରୁଥିବା ବେଳେ ଏହି କଥାକୁ ଆଖି ଆଗରେ ରଖି ମିଳିତ ଜାତିସଂଘ ୧୯୭୨ ମସିହାରେ ପ୍ରତିବର୍ଷ ଜୁନ୍ ୫ ତାରିଖକୁ ବିଶ୍ୱ ପରିବେଶ ଦିବସ ରୂପେ ପାଳନ କରିବା ପାଇଁ ନିଷ୍ପତ୍ତି ନେଇଥିଲା । ବିଶ୍ୱ ପରିବେଶ ଦିବସର ଉଦ୍ଦେଶ୍ୟ ହେଲା ପରିବେଶ ସମସ୍ୟାକୁ ମାନବିକ ଦୃଷ୍ଟିକୋଣରୁ ବିଚାର କରିବା ଓ କାର୍ଯ୍ୟରେ ତାକୁ ରୂପାନ୍ତରିତ କରିବା । ଅନ୍ୟ ଅର୍ଥରେ କହିଲେ ବିଶ୍ୱ ପରିବେଶ ଦିବସ ପାଳନ କରିବାର ଉଦ୍ଦେଶ୍ୟ ହେଉଛି ପ୍ରଦୂଷଣର ଭୟଙ୍କରତା ସମ୍ବନ୍ଧରେ ପ୍ରତ୍ୟେକ ଦେଶର ଜନସାଧାରଣଙ୍କୁ ସଚେତନ କରିବା ଓ ଏହି ପ୍ରଦୂଷଣର ଦୂରୀକରଣ ପାଇଁ ସର୍ବତ୍ର ଜନସହଯୋଗକୁ ଉତ୍ସାହିତ କରିବା । ଯାହାଫଳରେ ପରିବେଶର ସୁରକ୍ଷା ହେବା ସଙ୍ଗେ ସଙ୍ଗେ ଆଗାମୀ ପିଢି ପାଇଁ ପରିବେଶ ସଂରକ୍ଷିତ ହୋଇ ରହିପାରିବ । ଇତିମଧ୍ୟରେ ବିଶ୍ୱ ପରିବେଶ ଦିବସ ପାଳନ ହେବା ୪୬ ବର୍ଷରେ ପହଞ୍ଚିଲାଣି । ସାରା ପୃଥିବୀରେ ପ୍ରତିଦିନ ହଜାର ହଜାର ହେକ୍ଟର ଜଙ୍ଗଲ ଧ୍ୱଂସ ପାଉଛି, ଏହାର ପ୍ରତିରୋଧ ପାଇଁ ଆଇନ୍ ପରେ ଆଇନ ତିଆରି ହେଉଛି। ମାତ୍ର ଏଥିରୁ ଆଶାଜନକ ସଫଳତା ମିଳୁନାହିଁ। ଆମ ଦେଶରେ ୧୯୫୦ ମସିହାରେ ଭାରତ ସରକାର ବନମହୋତ୍ସବର ଆୟୋଜନ କରିଥିଲେ । ସେହିପରି ପରିବେଶ ଓ ଜଙ୍ଗଲ ବିଭାଗ ମନ୍ତ୍ରଣାଳୟ ଅଧୀନରେ ଆଉ ଏକ ପରିଷଦ ଅଛି ଜାତୀୟ ବନୀକରଣ ଓ ପରିବେଶ ବିକାଶ ପରିଷଦ । ମାତ୍ର ଏସବୁ ବ୍ୟବସ୍ଥା ସତ୍ତ୍ୱେ ପରିବେଶ ପ୍ରଦୂଷଣକୁ ରୋକିବାରେ ଆମର ପ୍ରଚେଷ୍ଟା ସେତେ ସନ୍ତୋଷଜନକ ନୁହେଁ। ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ସୂଚନା ଅନୁଯାୟୀ ନୂଆଦିଲ୍ଲୀର ବାୟୁମଣ୍ଡଳ ପୃଥିବୀରେ ସବୁଠାରୁ ଅଧିକ ପ୍ରଦୂଷିତ । ସେହି ରିପୋର୍ଟରୁ ଆହୁରି ଜଣାପଡିଛି ଯେ ଭାରତର ଛୋଟଛୋଟ ସହରଗୁଡିକରେ ବି ବାୟୁ ପ୍ରଦୂଷଣ ବିପଜ୍ଜନକ ସ୍ଥିତିରେ ପହଞ୍ଚିଲାଣି। ବୈଜ୍ଞାନିକଙ୍କ ମତରେ ତାପ ଓ ଶୀତଳତା ମଧ୍ୟରେ ଭାରସାମ୍ୟ ରକ୍ଷା କରିବା ପାଇଁ ବୃକ୍ଷରାଜି ଓ ବନାନୀ ଏକାନ୍ତ ଆବଶ୍ୟକ । ବର୍ତ୍ତମାନ ଗାଁ ଗଣ୍ଡା ବୃକ୍ଷ ଶୂନ୍ୟ। କାଁ ଭାଁ ଦୁଇ ଚାରିଟା ଗଛ ଥିବ କି ନ ଥିବ । ସେଗୁଡିକର ଶାଖା ମଧ୍ୟ କର୍ତ୍ତିତ । ଯାହାଫଳରେ ଅଦିନରେ ଅନେକ ପ୍ରାକୃତିକ ବିପର୍ଯ୍ୟୟକୁ ଆମେ ଡାକି ଆଣିଛୁ ବୋଲି କହିଲେ ଭୁଲ୍ ହେବ ନାହିଁ । ବିଗତ ଦିନରେ ମିଆଁମାର ଓ ବାଂଲାଦେଶରେ ସାମୁଦ୍ରିକ ବାତ୍ୟା ଯୋଗୁଁ ଲକ୍ଷ ଲକ୍ଷ ଲୋକଙ୍କ ପ୍ରାଣହାନି ଘଟିଲା। ତାହାର ମୂଳ କାରଣ ହେଉଛି ଜଙ୍ଗଲ ଧ୍ୱଂସ । ଆମ ଦେଶରେ ମଧ୍ୟ ସେହିପରି ଜଙ୍ଗଲ ଧ୍ୱଂସ ଯୋଗୁଁ ଅସମୟରେ ବନ୍ୟା, ଝଡବାତ୍ୟା, ବଜ୍ରପାତ, ସୁନାମୀ, ଅଂଶୁଘାତ ଓ ଭୂକମ୍ପ ଭଳି ବିପର୍ଯ୍ୟୟର ସମ୍ଭାବନା ବଢି ବଢି ଚାଲିଛି । ସେହିପରି ଗ୍ରୀଷ୍ମଋତୁରେ ପ୍ରଚଣ୍ଡ ଖରା । କେବଳ ବୈଶାଖ ଜ୍ୟେଷ୍ଠ ନୁହେଁ ବର୍ଷର ଅଧିକାଂଶ ସମୟରେ ତାତି ଅନୁଭୂତ ହେଉଛି। ଏହାର ପ୍ରଧାନ କାରଣ ହେଲା ଓଡିଶାର ଉପକୂଳରେ ଯେଉଁ ହେନ୍ତାଳ ବନ ଥିଲା ତାହା ଏବେ ଲୋପ ପାଇଛି । ଏହାର ନିରାକରଣ ପାଇଁ ବ୍ୟାପକ ଭାବରେ ବୃକ୍ଷରୋପଣ, ସାମାଜିକ ବନୀକରଣ, ପୁରୁଣା ଜଙ୍ଗଲର ପୁନରୁଦ୍ଧାର ଓ ସାମୁଦ୍ରିକ ଉପକୂଳରେ ଲୁଣାଜଙ୍ଗଲ ସୃଷ୍ଟି ଉପରେ ଅଗ୍ରାଧିକାର ଦେବାକୁ ହେବ। ଏବେ ବି ସମୟ ଆମ ପାଖରେ ସରିଯାଇନାହିଁ । ଆମ ଆଗରେ ବହୁ ପଥ ପଡିରହିଛି । ସେଥିରୁ ଗୋଟିଏ– "ବଞ୍ଚିଲେ ବନ ବଞ୍ଚିବେ ଜନ" ଆପଣେଇ ନେଲେ ତାହାହିଁ ବୁଦ୍ଧିମାନର କାର୍ଯ୍ୟ ହେବ । ପରିବେଶ ସୁରକ୍ଷା ବର୍ତ୍ତମାନ ସମୟରେ ଏକ ବଡ ଆହ୍ୱାନ । ପରିବେଶ ସୁରକ୍ଷା ପାଇଁ ବିଶ୍ୱ ସ୍ତରରେ ଯେଉଁ ପ୍ରଚେଷ୍ଟା ଆରମ୍ଭ ହୋଇଛି ତାହା କେବଳ କୌଣସି ସଂଗଠନ ବା ପ୍ରତିଷ୍ଠାନ ଜରିଆରେ ସଂପୂର୍ଣ୍ଣ ସଫଳ ହେବା ଅସମ୍ଭବ । ବ୍ୟକ୍ତିର ସଚେତନତା ହିଁ ଏହାର ସଫଳତାର ଅସଲ ଚାବିକାଠି । ପରିବେଶକୁ ଭଲପାଉଥିବା ଓ ଏହାର ସୁରକ୍ଷା ପାଇଁ ଚିନ୍ତା କରୁଥିବା ପ୍ରତ୍ୟେକ ବ୍ୟକ୍ତି ଏକଥା ଜାଣିବା ଜରୁରୀ । ପ୍ରତ୍ୟେକ ବ୍ୟକ୍ତି ଗଛଟିଏ ଲଗାଇ ତାକୁ ବଞ୍ଚାଇ ରଖିପାରିଲେ ତାହାହିଁ ହେବ ବିଶ୍ୱକୁ ମହାପ୍ରଳୟରୁ ରକ୍ଷାକରିବାର ସହଜତମ ଉପାୟ ।

**ହିମାଂଶୁଶେଖର ଆଚାର୍ଯ୍ୟ**, ସଭାପତି, ସାରସ୍ୱତ ପରିଷଦ, ଜଗତସିଂହପୁର, ମୋ-୯୯୩୭୧୫୧୦୫୨

# ଦେଶର ମାଗଣା ସଂସ୍କୃତି ଓ ବିସ୍ତାରିତ ଯୋଜନା

ଭାରତର ପ୍ରଧାନମନ୍ତ୍ରୀ ଦେଶବାସୀଙ୍କୁ ଉଦ୍‌ବୋଧନ ଦେବା ଅବସରରେ ମାଗଣା ସଂସ୍କୃତି ଯୋଗୁ ଦେଶର ଅର୍ଥନୀତି ପ୍ରଭାବିତ ହେବ ବୋଲି ସତର୍କ କରାଇ ଦେଇଛନ୍ତି। ମାନ୍ୟବର ସୁପ୍ରିମକୋର୍ଟ ଓ ନିର୍ବାଚନ କମିଶନ ମଧ୍ୟ ସରକାରଙ୍କ ମାଗଣା ଯୋଜନା ଓ ଫିବି ବିରୋଧରେ କଟୁ ମନ୍ତବ୍ୟ ଦେବା ପରେ ଏହା ଏକ ଜାତୀୟ ବିତର୍କ ଭାବେ ଉଭା ହୋଇଛି। ଏହା ଅନସ୍ୱୀକାର୍ଯ୍ୟ ଯେ ଏହି ଲଗାମହୀନ ମାଗଣା ବଂଟନ ବ୍ୟବସ୍ଥାର ଫାଇଦା ପ୍ରତ୍ୟେକ ରାଜନୈତିକ ଦଳ ନିର୍ବାଚନରେ ଅମୋଘ ଅସ୍ତ୍ର ରୂପେ ବ୍ୟବହାର କରୁଛନ୍ତି। ଆହୁରି ମଧ୍ୟ ଦେଖାଯାଉଛି ସରକାରଙ୍କ ବିସ୍ତାରିତ ଯୋଜନା ଜନ୍ମରୁ ମୃତ୍ୟୁ ଯାଏ କରାଯାଉଛି। କାହିଁକି ? ଭାରତବର୍ଷର ଜନସାଧାରଣ କ'ଣ ଏତେ ଦରିଦ୍ର ନା କର୍ମହୀନ ? ପୂର୍ବେ ସରକାରଙ୍କ ଯୋଜନା ଓ ଦେଶର ରାଜନୀତି ମୂଲ୍ୟଭିତିକ ଓ ସୀମିତ ଥିଲା। ଭାରତୀୟମାନେ କର୍ମସଂସ୍କୃତିକୁ ଆଦରି ଜୀବନ ନିର୍ବାହ କରୁଥିଲେ। ନିଜକୁ ଉପାର୍ଜ୍ଜନକ୍ଷମ କରିବା ପାଇଁ ଅହରହ ସଂଗ୍ରାମ କରି ଚାଲିଥିଲେ। ଏହାଫଳରେ ଦେଶର ଅଭିବୃଦ୍ଧି ଆପେ ଆପେ ବୃଦ୍ଧି ପାଇ ଚାଲିଥିଲା। ନିର୍ବାଚନ ସମୟରେ କେବଳ ଲୋକେ ରାଜନୀତିରେ ପ୍ରବେଶ କରୁଥିଲେ। ଯାହାଫଳରେ ଦେଶରେ ହିଂସା, ଅସହିଷ୍ଣୁତା, ଭ୍ରଷ୍ଟାଚାର, ଦୁର୍ନୀତି ଦେଖାଯାଉ ନ ଥିଲା। କିନ୍ତୁ ରାଜନୈତିକ ଦଳର ନେତୃବୃନ୍ଦ ନିଜର ଗାଦୀକୁ ମଜବୁତ ଓ ଦୀର୍ଘସ୍ଥାୟୀ କରିବା ନେଇ ବିଭିନ୍ନ ଉପାୟମାନ ଅବଲମ୍ବନ କରି ଚାଲିବା ପରଠାରୁ ଦେଶର ଗଣତନ୍ତ୍ର ଶାସନ ବ୍ୟବସ୍ଥା ଅର୍ଥନୀତି ସବୁ ବିଗିଡି ଗଲାପରି ଲାଗୁଛି।

ଆମ ଦେଶଟା ଭୋଟସର୍ବସ୍ୱ ହୋଇ ପଡିଛି। କ୍ଷମତା ନିଶା ଯୋଗୁ ରାଜନୈତିକ ଦଳ ନୀତି, ନୈତିକତା, ଆଦର୍ଶ ଓ ମୂଲ୍ୟବୋଧକୁ ସବୁ ପାଶୋରି ଦେଲେଣି। ସମ୍ପ୍ରତି ଦେଶର ଜନସାଧାରଣ ସାମାନ୍ୟ ଜ୍ୱର, ଶର୍ଦ୍ଦିକାଶ ହେଲେ ସରକାରୀ ସାହାଯ୍ୟ ଚାହୁଁଛନ୍ତି। ବାଡିରେ ଗଛଟିଏ ଲଗାଇଲେ ମାଗଣାରେ ଚାରା ଗଛ ଯୋଗାଇଦେବା ପାଇଁ ସରକାରଙ୍କୁ ଦାବୀ କରୁଛନ୍ତି। ଝିଅ ବାହାଘର, ପୁଅ ବ୍ରତଘର, ଶିଶୁଟିଏ ଜନ୍ମ ହୋଇ ସାରିଲା ପରେ ତା'ର ଖାଦ୍ୟ ସରକାରଙ୍କଠାରୁ ପାଇବା ଆଶା ରଖୁଛନ୍ତି। ଜୀବନଯାପନ ପାଇଁ ଆବଶ୍ୟକୀୟ ଆବଶ୍ୟକତା ପୂରଣ ପାଇଁ ନେତା, ମନ୍ତ୍ରୀଙ୍କ ନିକଟକୁ ଓ ସରକାରୀ ଦପ୍ତରକୁ ଦୌଡୁଛନ୍ତି। କାହିଁକି ଏପରି ଅବସ୍ଥା ସୃଷ୍ଟି ହେଲା ? ଏହାର ମୂଳ କାରଣ ହେଲା ଭୋଟବ୍ୟାଙ୍କର ଜରୁରତା। ଦେଶର ରାଜନେତା ଓ ଶାସକମାନେ ଦେଶରୁ ଦାରିଦ୍ର୍ୟ ହଟାଇବାକୁ ଯାଇ ଲୋକମାନଙ୍କ ମଧ୍ୟରେ ଦାରିଦ୍ର୍ୟର ମାନସିକତା ସୃଷ୍ଟି କରିଦେଲେ। ଯାହାର ମୂଳୋତ୍ପାଟନ ଆଉ ସମ୍ଭବ ନୁହେଁ। ଭାରତବର୍ଷରେ ଦାରିଦ୍ର୍ୟ, ଦୁର୍ନୀତି, ଓ ଭୋଟବ୍ୟାଙ୍କର ଲାଳସା ସ୍ଥାୟୀ ହୋଇ ରହିଯାଇଛି। ଜନସାଧାରଣଙ୍କ ମାନସିକତାକୁ ନେଇ ପ୍ରତ୍ୟେକ ରାଜନୈତିକ ଦଳ ନୀତି, ଅନୀତି, ଆଦର୍ଶ, ଗଣତନ୍ତ୍ର, ସମ୍ବିଧାନର ବିକଳ୍ପ ଧାରା ସୃଷ୍ଟି କରି ଦେଇଛନ୍ତି। ସରକାରଙ୍କର କ'ଣ ଥିଲା ଅନାବଶ୍ୟକ ଯୋଜନା ଗୁଡିଏ ପ୍ରବର୍ତନ କରିବା ? ପିଲା ଜନ୍ମ ହେବାଦିନଠାରୁ ମୃତ୍ୟୁ ପର୍ଯ୍ୟନ୍ତ ସବୁ ସାହାଯ୍ୟ ଯୋଗାଇବା। ଚାଷୀକୁ ମୋବାଇଲ, ଛତା, ଜୋତା, ଚଷମା, ବିହନ, ସାର, ଛାତ୍ରଛାତ୍ରୀଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ସାଇକେଲ,

**ହରେକୃଷ୍ଣ ପଣ୍ଡା**



ଯୋଗାଇବା ? ସରକାରଙ୍କର କ'ଣ ଆବଶ୍ୟକ ଥିଲା ପ୍ରକୃତ ଦାରିଦ୍ର୍ୟ ସୀମାରେଖା ଭିତରେ ଥିବା ୨୨% ଜନତାଙ୍କୁ ୮୦%ରେ ପହଁଚାଇ ମାଗଣା ଚାଉଳ, କିରୋସୀନ, ଗହମ, କମ୍ବଳ ଆଦି ଯୋଗାଇବା ? ଏହାର ବିନିଯୋଗ କିପରି ହେଉଛି ତାହା ସରକାର ଦେଖି ମଧ୍ୟ ଆଖି ବୁଜି ଦେଇଛନ୍ତି। ପ୍ରତି ପଂଚାୟତରୁ ହିତାଧିକାରୀଙ୍କ ମାଗଣା ଚାଉଳ ବେପାରୀ ମାନେ ୨୦ ଟଙ୍କାରେ କିଣି ନେଉଛନ୍ତି। ଛାତ୍ରଛାତ୍ରୀଙ୍କ ସାଇକେଲ ବଜାରରେ ବିକ୍ରୀ ହେଉଛି, କୃଷକର ବିହନ ବଜାର ଦୋକାନମାନଙ୍କରେ ମିଳୁଛି। ଅଙ୍ଗନବାଡି ଶିଶୁଖାଦ୍ୟ ମଧ୍ୟ ବଜାର ଦୋକାନ ମାନଙ୍କରେ ମିଳୁଛି। ତେବେ ଆମ୍ଭେ ସରକାର ରାଜକୋଷ ଅର୍ଥ ଅପଚୟ କରୁଥିବା ଦ୍ୱାହି ଦେବାନାହିଁ କାହିଁକି ? ଗଛର ମୂଳକୁ ସୁଦୃଢ ନକରି ଡାଳକୁ ଖାଦ୍ୟ ସାର ଦେଲେ ଲାଭ ହେଉଛି କାହାର ?

ଦିନକୁ ଦିନ ଦେଶର ଆର୍ଥିକ ଗତି ଅତି ଖରାପ ଆଡକୁ ଗତି କରୁଥିବା ବେଳେ ଦେଶରେ ବା ରାଜ୍ୟରେ ବଜେଟ ଯେତେ ଋଣ ଭାର ସେତେ ଅଥଚ ସରକାର ମାଗଣା ବଂଟନ ବ୍ୟବସ୍ଥା, ଋଣ ଛାଡ, ସବସିଡି, ବ୍ୟାଙ୍କ ଠକେଇ, ଦୁର୍ନୀତି, ଚାକିରୀ ବିକ୍ରି ଭଳି ଅନୀତି କାର୍ଯ୍ୟକୁ ଏତେ ସମ୍ବେଦନଶୀଳ କାହିଁକି ? ସରକାରୀ କଳ ଏତେ ବଡ ଥିବା ବେଳେ ସରକାର ନିଜେ ନକରି ଠିକାଦାରମାନଙ୍କ ହାତରେ ହଜାର ହଜାର କୋଟି ଟଙ୍କା ସମର୍ପି ଦେଉଛନ୍ତି କାହିଁକି ? ଏଥିରେ ଥିବା ଗୂଢ଼ ରହସ୍ୟ କାହାକୁ ବା ଅଜଣା ! ତେବେ ଏଭଳି ନୀତିକୁ ସରକାର ପରିହାର ନକଲେ କ'ଣ ଚଳନ୍ତା ନାହିଁ ? ତେବେ ଭୋଟବ୍ୟାଙ୍କ ଦେଶର ଅର୍ଥନୈତିକ ମେରୁଦଣ୍ଡକୁ ଭାଙ୍ଗି ଦେଲାଣି; ତଥାପି ସରକାରଙ୍କ ଭୋଟବ୍ୟାଙ୍କ ନିଶା ଛାଡୁନାହିଁ। ଶାସନ ଢିଲା ହୋଇ ଚାଲିଛି, ଦଣ୍ଡ ନାହିଁ, ଦୋଷୀକୁ ଛାଡି ଦିଆଯାଉଛି। ଦେଶରେ କାମ କରି ପେଟ ପୋଷିବା ପାଇଁ ଲୋକଙ୍କ ଦକ୍ଷତା, ସାମର୍ଥ୍ୟ ଥିଲେ ମଧ୍ୟ ଆଜିର ରାଜନୀତି ଓ ମାଗଣା ସଂସ୍କୃତି ମୋହରେ ସଭିଏଁ ପଡିଯାଇଛନ୍ତି। ଏ ସମ୍ପର୍କରେ ସରକାରଙ୍କ ଯୋଜନା ବିଭାଗ ଚିନ୍ତା କରିବା କଥା। ଦୁର୍ବଳ ଅର୍ଥନୀତିର ଲକ୍ଷଣ ଜଣାପଡୁଛି, ବିନା ଉତ୍ପାଦନରେ ଲୋକେ ବସି ଖାଉଛନ୍ତି। ୩୦ ଭାଗ ଲୋକଙ୍କ ଶ୍ରମରେ ୧୩୦ କୋଟି ଉପକୃତ ହେଉଛନ୍ତି। ଏଣେ ମାଗଣା ଯୋଜନା ଲୋକଙ୍କୁ କର୍ମବିମୁଖ କରିଦେଲାଣି, କର୍ମସଂସ୍କୃତି ଲୋପ ପାଇବାକୁ ବସିଲାଣି। ସବୁଠାରୁ ବଡ କଥା ହେଉଛି ଧନୀ ବର୍ଗଙ୍କ କ୍ଷେତ୍ରରେ ମଧ୍ୟ ଦାରିଦ୍ର୍ୟ ମାନସିକତା ଜନ୍ମ ନେଇ ସାରିଲାଣି। ଏଭଳି ମାନସିକତା ସୃଷ୍ଟି ପାଇଁ କେବଳ ସରକାର ହିଁ ଦାୟୀ। ଭୋଟବ୍ୟାଙ୍କ ପ୍ରତି ସବୁ ରାଜନୈତିକ ଦଳର କୁତ୍ସିତ କାମନା ରହିଛି। ଆଜିର ଜନତା ଯୁକ୍ତି କରନ୍ତି ଯେ ଶତାଧିକ ଧନିକ ବ୍ୟକ୍ତି ବ୍ୟାଙ୍କରୁ ଲକ୍ଷ ଲକ୍ଷ କୋଟି ଟଙ୍କା ଋଣ ନେଇ ତାହା ଶୁଝି ନପାରି ଦେଶରୁ ପଳାୟନ କରୁଛନ୍ତି, ତେବେ ମାଗଣା ବଂଟନ ବ୍ୟବସ୍ଥା ଦାରିଦ୍ର୍ୟ ସୀମାରେଖା ତଳେ ଥିବା ଲୋକଙ୍କୁ ଦିଆଯିବା ଦ୍ୱାରା ଦେଶର ଅର୍ଥନୀତି ଆଦୌ ଦୁର୍ବଳ ହେବ ନାହିଁ। ଅବଶ୍ୟ ଏହି ଯୁକ୍ତିକୁ ମାନିବାକୁ ପଡିବ କିନ୍ତୁ ଏଠାରେ ଯେଉଁ ସମସ୍ୟା ଉପୁଜୁଛି ତାହା ଦେଖିବା କଥା। କର୍ମସଂସ୍କୃତି କଥା। ସରକାର ସାମୟିକ ଭାବେ ଦାନ, ସାହାଯ୍ୟ, ସଂରକ୍ଷଣ ଏବଂ ପୂର୍ବରୁ ଥିବା ଖାଦ୍ୟ, ଶସ୍ୟ, ବାସଗୃହ, ଏସ୍‌ସି ଏସ୍‌ଟି ଷ୍ଟାଇପେଣ୍ଡ ଓ ଅନ୍ୟାନ୍ୟ ଭତା, ଯାହାକୁ ଏବେ ଦିଆଯାଇପାରେ। କିନ୍ତୁ ସର୍ବୋପରି କର୍ମକୁ କେହି ଭୁଲି ନଯିବା ଉଚିତ। ସରକାରଙ୍କ ଲକ୍ଷ୍ୟ ରହିବା ଦରକାର ଲୋକଙ୍କର ସ୍ଥାୟୀ କର୍ମ ନିଯୋଜନ। ସେଥିପାଇଁ ଅର୍ଥ ବିନିଯୋଗ କରାଗଲେ ଦେଶର ବିକାଶ ହେବ। କିନ୍ତୁ ମାଗଣା ସଂସ୍କୃତି ଭିତରେ ଯେଉଁମାନେ ସାମର୍ଥ୍ୟବାନ, ଦକ୍ଷତା ଅର୍ଜ୍ଜନ କରିଥିବା ଲୋକଙ୍କୁ ଅଳସୁଆ କରିଦେଲେ ଦେଶର କ୍ଷତି ହେବା ସହିତ ମାନବସମ୍ବଳ ଦୁର୍ବଳ ହୋଇପଡିବ। ଏହି କଥାଟି ପାଇଁ ଏବେ ସାରାଦେଶରେ ଆଲୋଚନା ଚାଲିଛି। ମାଗଣା ଔଷଧ, ଜରୁରୀକାଳୀନ ଚିକିତ୍ସା, ମେଧାବୀ ଛାତ୍ରଙ୍କୁ ପଢାଇବା ପ୍ରୋତ୍ସାହନ ଦେବା ସରକାରଙ୍କ କର୍ତବ୍ୟ। ଏହା ସାମୂହିକ ଭାବେ କରାଯିବା ଉଚିତ। ଏ କ୍ଷେତ୍ରରେ ବିପିଏଲ କାର୍ଡ ଦେଖାଇବା ଅନାବଶ୍ୟକ। ମାନବସମ୍ବଳ କ୍ଷେତ୍ରରେ ସରକାର ଅଧିକ ଖର୍ଚ୍ଚ କରିବା ନିହାତି ଦରକାର। ଲୋକପ୍ରିୟତା ଅର୍ଜ୍ଜନ କରିବା ପାଇଁ କିମ୍ବା ଭୋଟବ୍ୟାଙ୍କ ପାଇଁ ସରକାରଙ୍କ ଯୋଜନା ସମ୍ପର୍କରେ ସମୀକ୍ଷା କରିବା ଆବଶ୍ୟକ। ସେହିଭଳି ରାଜନୀତିକୁ ରାଜନୀତି ସ୍ତରରେ ରଖାଯିବା ଏବଂ ସଙ୍କୁଚିତ କରାଯିବା ଆବଶ୍ୟକ। ଦଳର ପ୍ରଗତି ଦେଶର ପ୍ରଗତି ନୁହେଁ।

*-ଯାଜପୁର, ମୋ-୯୪୩୭୩୧୫୬୨୩*

# ପ୍ରଦୂଷଣ, ଜଳବାୟୁ ପରିବର୍ତ୍ତନ ଓ ସ୍ୱାସ୍ଥ୍ୟ ସମସ୍ୟା

**ଡାକ୍ତର ସମ୍ରାଟ କର**



ଜଳବାୟୁ ପରିବର୍ତ୍ତନ ହେତୁ ପ୍ରବଳବର୍ଷା, ଭୂସ୍ଖଳନ, ଘୂର୍ଣ୍ଣିବଳୟ, ମରୁଡ଼ି ଇତ୍ୟାଦି ଜନସାଧାରଣଙ୍କ ସ୍ୱାସ୍ଥ୍ୟ ପ୍ରତି ଏକ ବଡ଼ ବିପଦ ସୃଷ୍ଟି କରିଛି। ଗତ କିଛି ଦଶନ୍ଧି ମଧ୍ୟରେ ବିଶ୍ୱସ୍ତରରେ ଜଳବାୟୁ ଦ୍ୱାରା ସୃଷ୍ଟି ହେଉଥିବା ବିପର୍ଯ୍ୟୟ ମାନବ ଜୀବନ ଓ ଏହାର ସ୍ୱାସ୍ଥ୍ୟ ଉପରେ ପ୍ରତିକୂଳ ପ୍ରଭାବ ପକାଉଛି। ଉତ୍ତରପ୍ରଦେଶ, ତାମିଲନାଡୁ, ବିହାର, ଆସାମ, ପଶ୍ଚିମବଙ୍ଗ ପ୍ରଭୃତି ରାଜ୍ୟରେ ଦେଖା ଦେଉଥିବା ବନ୍ୟା ସ୍ଥିତି ହେଉଛି ଜଳବାୟୁ ପରିବର୍ତ୍ତନର କାରଣ। ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ଡବ୍ଲୁଏଚ୍‌ଓ ଅନୁସାରେ ୨୦୩୦ ଓ ୨୦୫୦ ମଧ୍ୟରେ ଜଳବାୟୁ ପରିବର୍ତ୍ତନ ଯୋଗୁଁ କୁ ପୋଷଣ, ମ୍ୟାଲେରିଆ, ଡାଇରିଆ, ଲୁ ଆଦି ଯୋଗୁଁ ବର୍ଷକୁ ଅଢ଼େଇ ଲକ୍ଷ ଲୋକଙ୍କ ଅକାଳ ବିୟୋଗ ଘଟିବ। ବିଶେଷକରି ଯୁବପିଢ଼ି ଓ ବରିଷ୍ଠ ନାଗରିକ ଏଭଳି ଏକ ଦୁଷ୍ପରିଣାମ ସାମ୍ନା କରିବେ।

ସଂକ୍ରମଣ ବ୍ୟାପିବାର ସମ୍ଭାବନା ରହିଛି, ବାୟୁ ମଣ୍ଡଳରେ ଉତ୍ତାପ ବୃଦ୍ଧି ଯୋଗୁଁ ଲୋକେ ନୂଆ ନୂଆ ରୋଗରେ ଆକ୍ରାନ୍ତ ହେଉଛନ୍ତି। ଯାହାର ନିରାକରଣ ପାଇଁ ଏ ପର୍ଯ୍ୟନ୍ତ କୌଣସି ଔଷଧ ତିଆରି ହୋଇନାହିଁ। ମୁଖ୍ୟତଃ ଏହାଦ୍ୱାରା ସଂକ୍ରାମକ ରୋଗ ବୃଦ୍ଧି ପାଉଛି। ଯଦି ତାପମାତ୍ରା ବୃଦ୍ଧି ନିୟନ୍ତ୍ରିତ ନ ହୁଏ, ତେବେ ଆଗାମୀ ଦିନରେ ଅର୍ଥାତ ୧୦-୨୦ ବର୍ଷ ମଧ୍ୟରେ ଭୟଙ୍କର ବିନାଶ ମଧ୍ୟ ଘଟିପାରେ। ସେହିପରି ଶରୀରର ଟିସୁ ଭାବେ କାମ କରିବ ନାହିଁ। ମୁଖ୍ୟତଃ ଶୀତରେ ଅତ୍ୟଧିକ ଗରମ ହେଉଥିବାରୁ ମଶା ସଂଖ୍ୟା ବୃଦ୍ଧି ପାଉଛି। ଫଳରେ ଲୋକେ ମ୍ୟାଲେରିଆ, ଡେଙ୍ଗୁ, ଜିକା ଭାଇରସ ଭଳି ରୋଗରେ ଆକ୍ରାନ୍ତ ହେଉଛନ୍ତି। ବଡ଼ କଥା ହେଉଛି କ୍ୟାନସର ଆଶଙ୍କା ମଧ୍ୟ ବଢ଼ିବ। କ୍ୟାନସର ଭଳି ମାରାତ୍ମକ ରୋଗ ପାଇଁ ଜଳବାୟୁ ପରିବର୍ତ୍ତନର ମଧ୍ୟ ଅନ୍ୟତମ କାରଣ। ନାସନାଲ ଇନ୍‌ଷ୍ଟିଚ୍ୟୁଟ ଅଫ୍ ଏନଭରମେଣ୍ଟାଲ ହେଲଥ ସାଇନ୍ସରେ ଏ ସମ୍ବନ୍ଧରେ ଉଲ୍ଲେଖ କରାଯାଇଛି। ଅତ୍ୟଧିକ ଗରମ କାରଣରୁ ରସାୟନ କଣିକା ପବନରେ ରହିଥାଏ। ଯଦ୍ୱାରା ଶ୍ୱାସକ୍ରିୟା ସମୟରେ ଏହି କଣିକା ଶରୀରକୁ ଯାଇ ଫୁସ୍‌ଫୁସ୍‌କୁ ପ୍ରଭାବିତ କରିଥାଏ। ସେହିପରି ବାୟୁ ପ୍ରଦୂଷଣର ପ୍ରଭାବ ମଧ୍ୟ କ୍ୟାନସରର ଅନ୍ୟତମ କାରଣ। ଅତ୍ୟଧିକ ପ୍ରଦୂଷଣ ଯୋଗୁଁ ଓଜୋନ ସ୍ତରରେ ଛେଦ ସୃଷ୍ଟି ହୁଏ। ଫଳରେ ଅତିବାଇଗଣୀ ରଶ୍ମୀ ଚର୍ମକୁ କର୍କଟର କାରଣ ହୋଇଥାଏ। ସେହିପରି ଶ୍ୱାସରୋଗୀଙ୍କ ସଂଖ୍ୟା ବଢ଼ିବ। ଅନ୍ୟପଟେ ବାୟୁମଣ୍ଡଳର ତାପମାତ୍ରା ବୃଦ୍ଧି ପାଇଲେ ବାୟୁ ପ୍ରଦୂଷଣ ବଢ଼ିବ। ଏହାଦ୍ୱାରା ଶ୍ୱାସକ୍ରିୟାରେ ସମସ୍ୟା ଉପୁଜିବ। ତା ସହ ଫୁସ୍‌ଫୁସ୍ ସମ୍ବନ୍ଧୀୟ ସମସ୍ୟା ମଧ୍ୟ ଦେଖାଦେବ। କେବଳ ଏତିକି ନୁହେଁ ଶ୍ୱାସ ରୋଗୀଙ୍କ ସଂଖ୍ୟା ବି ବୃଦ୍ଧି ପାଇବ। ଏଭଳି ହୃଦ୍‌ଘାତ, ଜଳ ଶୁଷ୍କତା ଓ ଚିଡ଼୍‌ଚିଡ଼ାପଣ ଆଦି ସମସ୍ୟା ଦେଖାଦେବ। ଅନ୍ୟପଟେ ତମାମ ସମସ୍ୟା ପିଲାଙ୍କ ମସ୍ତିଷ୍କ ବିକାଶ ଉପରେ ପ୍ରଭାବ ପକାଇବ।

ଅନେକ ହୁଏତ ଜାଣିନଥାନ୍ତି ଏ ନେଇ ଜଳଜାତ ରୋଗ ସୃଷ୍ଟି ହେବ। ପରିବେଶର ବାତାବରଣ ଅନୁସାରେ ମଣିଷ ନିଜକୁ ଖାପଖୁଆଇ ଚଳିଲେ ସୁଦ୍ଧା ଜଳବାୟୁ ପରିବର୍ତ୍ତନର ପ୍ରଭାବ ଶରୀର ଉପରେ ପଡୁଛି। ସେହିପରି ସ୍ୱାସ୍ଥ୍ୟ ଲାଗି ଜରୁରୀ ସ୍ୱଚ୍ଛ ତଥା ବିଶୁଦ୍ଧ ଜଳ। ସମୁଦ୍ର ସ୍ତର ବୃଦ୍ଧି ହେଲେ ବିଶୁଦ୍ଧ ଜଳ ସଙ୍କଟ ଦେଖାଦେବ। ଯଦ୍ୱାରା ଦୂଷିତ ଜଳରୁ ଉତ୍ପନ୍ନ ବିଭିନ୍ନ ପ୍ରକାରର ରୋଗ ସୃଷ୍ଟି ହେବ। ଏମିତି ବି ହୋଇପାରେ ଏହିସବୁ ରୋଗ ମହାମାରୀର ରୂପ ନେଇପାରନ୍ତି। ବଡ଼ କଥା ହେଉଛି ମାନସିକ ରୋଗ ବଢ଼ିବାର ମଧ୍ୟ ସମ୍ଭାବନା ରହିଛି। ଜଳବାୟୁ ପରିବର୍ତ୍ତନ ଯୋଗୁଁ ଦେଖାଦେଉଥିବା ରୋଗ ମଧ୍ୟରେ ସବୁଠାରୁ ଆଗରେ ଅଛି ମାନସିକ ରୋଗ। ଏହା ସହ ପିଲାମାନେ ମଧ୍ୟ ଜଳବାୟୁ ପରିବର୍ତ୍ତନର ଶିକାର ହେଉଛନ୍ତି। ମନୋବିଜ୍ଞାନୀଙ୍କ ଅନୁସାରେ, ଛୋଟ ପିଲାଙ୍କ ଠାରେ ଚିନ୍ତା, ଅବସାଦ, ଦୁଃଖ ଆଦି ସମସ୍ୟା ଦେଖିବାକୁ ମିଳୁଛି। ସେହିପରି ପିଲାଙ୍କଠାରେ ଦେଖାଦେଉଥିବା ଏଭଳି ସମସ୍ୟାକୁ ମନୋବିଜ୍ଞାନୀ ଇକୋ ଆନଜାଇଟିଂ ବୋଲି କହିଥାନ୍ତି। ଏବେ ପୃଥିବୀ ବସବାସ କରିବା ଯୋଗୁଁ ନୁହେଁ ବୋଲି ସେମାନେ ଭାବୁଛନ୍ତି। ଆଉ ଏ କଥା ସେମାନଙ୍କ ମନରେ ବସା ବାନ୍ଧି ଗଲାଣି। ଯେତେବେଳେ ସେମାନେ ବଡ଼ ହେବେ, ସେତେବେଳେ ଜଳବାୟୁ ପରିବର୍ତ୍ତନ ଯୋଗୁଁ ପୃଥିବୀ ଧ୍ୱଂସ ହୋଇଯିବ। ଅନ୍ୟପଟେ ପିଲାଙ୍କ ବ୍ୟବହାରରେ ଆସୁଥିବା ପରିବର୍ତ୍ତନ ପାଇଁ ଅନେକାଂଶରେ ଜଳବାୟୁ ପରିବର୍ତ୍ତନର ପ୍ରଭାବ ରହିଛି। ତେବେ ଦୁଃଖର ବିଷୟ ହେଉଛି କେବଳ ବଡ଼ ଲୋକ ନୁହଁନ୍ତି ବରଂ ଛୋଟ ଛୋଟ ପିଲାମାନେ ମଧ୍ୟ ମାନସିକ ରୋଗର ଶିକାର ହେଉଛନ୍ତି। ହଠାତ୍ କୌଣସି ବିଷୟକୁ ନେଇ ରାଗିଯିବା, ଚିଡ଼ି ଯିବା, ହତାଶ ହେବା, ଦୁଃଖ କରିବା ଆଦି ଲକ୍ଷଣ ସେମାନଙ୍କ ଠାରେ ଦେଖାଦେଉଛି। ଯାହାକି ମାନସିକ ରୋଗକୁ ହିଁ ଇଙ୍ଗିତ କରୁଛି। ପୁଣି ପ୍ରଦୂଷିତ ସହରରେ ପିଲାଙ୍କ ଠାରେ ଅବସାଦ ଓ ମାନସିକ ରୋଗ ବୃଦ୍ଧି ପାଉଛି।

ଏଣିକି ଲୋକେ ଜଳବାୟୁ ପରିବର୍ତ୍ତନ ପ୍ରଭାବରେ ପ୍ରୀଡ଼ିତ ହେବେ। ଅର୍ଥାତ୍ ଜଳବାୟୁ ପରିବର୍ତ୍ତନର ପ୍ରଭାବ କେବଳ ପ୍ରକୃତି ଉପରେ ନୁହେଁ ବରଂ ଏହାର ପ୍ରଭାବ ଲୋକଙ୍କ ସ୍ୱାସ୍ଥ୍ୟ ଉପରେ ମଧ୍ୟ ପଡୁଛି। ସମ୍ପ୍ରତି ଏହା ଏକ ନୂଆ ରୋଗ ଭାବେ ଉଭା ହୋଇଛି। ଏପରିକି ପାଖାପାଖି ଏହାଦ୍ୱାରା ସବୁ ଦେଶ ମଧ୍ୟ ପ୍ରଭାବିତ ହେଲେଣି। ଏହି କ୍ରମରେ ନିକଟରେ କାନାଡ଼ାରେ ଜଣେ ୭୦ ବର୍ଷୀୟା ମହିଳା ଜଳବାୟୁ ପରିବର୍ତ୍ତନ ପ୍ରଭାବରେ ପୀଡ଼ିତ ହୋଇଛନ୍ତି। ତା' ସହ ଏହା ହେଉଛି ବିଶ୍ୱର ଜଳବାୟୁ ପରିବର୍ତ୍ତନ ଜନିତ ପ୍ରଥମ ମାମଲା। କାନାଡାର ବ୍ରିଟିଶ କଲମ୍ବିଆର ଜଣେ ମହିଳା ଜଳବାୟୁ ପରିବର୍ତ୍ତନ ପ୍ରଭାବରେ ପୀଡ଼ିତ। ଅବଶ୍ୟ ମହିଳାଙ୍କ ନାଁ ଏବେ ସାମ୍ନାକୁ ଆସିନାହିଁ। ସମ୍ପୃକ୍ତ ମହିଳାଙ୍କର ଶ୍ୱାସକ୍ରିୟା ସମ୍ବନ୍ଧୀୟ ସମସ୍ୟା ଥିବା ନେଇ କାନାଡ଼ାର କୁଟନି ଲେକ ହସ୍ପିଟାଲର ଡାକ୍ତର କାଇଲ ମେରିଟ୍‌ଙ୍କ ପାଖକୁ ଚିକିତ୍ସିତ ହେବାକୁ ଆସିଥିଲେ। କାଇଲ ତାଙ୍କର ଚିକିତ୍ସା କରିବା ପରେ ଜଳବାୟୁ ପରିବର୍ତ୍ତନ ଯୋଗୁଁ ସ୍ୱାସ୍ଥ୍ୟ ସମସ୍ୟା ଦେଖାଦେଇଥିବା କହିଥିଲେ। ସାଧାରଣତଃ କାନାଡାକୁ ସବୁଠୁ ଥଣ୍ଡା ଦେଶ ବୋଲି କୁହାଯାଏ। ଏଠାରେ ତୁଷାରପାତ ହେବା ସହ ତାପମାତ୍ରା ମାଇନସ ଡିଗ୍ରୀକୁ ଚାଲିଯାଏ। ମାତ୍ର ଏଥର ଜୁନ-ଜୁଲାଇରେ ଦେଖାଦେଇଥିବା ହିଟ୍ ୱେଭ ଯୋଗୁଁ କାନାଡା ସ୍ଥିତି ଗୁରୁତର ଭାବେ ପ୍ରଭାବିତ ହୋଇଛି। ହିଟ୍ ୱେଭ ଯୋଗୁଁ କାନାଡାର ତାପମାତ୍ରା ଥିଲା ୪୯.୬ ଡିଗ୍ରୀ ସେଲସିୟସ। ଯାହାକି କାନାଡ଼ା ଇତିହାସରେ ସର୍ବାଧିକ ତାପମାତ୍ରା। ହିଟୱେଭ ଯୋଗୁଁ ଜଙ୍ଗଲରେ ନିଆଁ ଲାଗିବା ଓ ଧୂଆଁ ଯୋଗୁଁ ପବନର ଗୁଣବତ୍ତା ମଧ୍ୟ ଖରାପ ହେଲା। ଯେଉଁଥିପାଇଁ ମହିଳାଙ୍କଠାରେ ଏଭଳି ଏକ ସମସ୍ୟା ଦେଖିବାକୁ ମିଳିଛି ଓ ସେ ଏବେ ସୁଦ୍ଧା ଏଥିରୁ କାନାଡାରେ ୫୦୦ ଜଣ ପ୍ରାଣ ହରାଇଛନ୍ତି। ଯଦିଓ ମହିଳା ଜଣକ ହାଇଡ୍ରେଟ ରହିବା ପାଇଁ ଚେଷ୍ଟା କରୁଛନ୍ତି, ତଥାପି ଲୁ' ତାଙ୍କ ଶରୀରକୁ ଅତ୍ୟଧିକ ମାତ୍ରାରେ ପ୍ରଭାବିତ କରିଛି। ସେହିପରି ଜଳବାୟୁ ପରିବର୍ତ୍ତନର ପ୍ରଭାବ ସ୍ୱାସ୍ଥ୍ୟ ଉପରେ କିଭଳି ପ୍ରଭାବ ପକାଇବ ତାହା ମଧ୍ୟ ଏଥିରୁ ବିଶେଷଜ୍ଞମାନେ ସ୍ପଷ୍ଟ ଭାବେ ବୁଝିପାରୁଥିବା ସେ କହିଛନ୍ତି। ଆଗାମୀ ଦିନରେ ଜଳବାୟୁ ପରିବର୍ତ୍ତନ ଯୋଗୁଁ ଲୋକମାନେ ଘରଛାଡ଼ି ପଳାୟନ କରିବାକୁ ବାଧ ହେବେ। ବିଶେଷଜ୍ଞଙ୍କ ଅନୁସାରେ ୨୦୫୦ ସୁଦ୍ଧା ପ୍ରାୟ ୨୦ କୋଟି ଲୋକ ଏହା ଯୋଗୁଁ ନିଜ ଭିଟାମାଟି ଛାଡ଼ିବେ।

*-ମାନସିକ ରୋଗ ବିଶେଷଜ୍ଞ, ଦି'ବ୍ରେନ, ପୁରୀଘାଟ ରୋଡ, କଟକ, ଦୂରଭାଷ: ୯୧୩୨୪୩୩୩୩୩*

# 'ଇ-ଆବର୍ଜନାର ସଂକଟ'

**ବିପିନବିହାରୀ ରାଉତ**

ଦିନକୁ ଦିନ ପରିବେଶ ପ୍ରଦୂଷିତ ହେବାରେ ଲାଗିଛି । ମାଟି, ପାଣି ଓ ପବନ ଏହି ପ୍ରଦୂଷଣ ମଧ୍ୟରେ ଅନ୍ତର୍ଭୁକ୍ତ । ବିଭିନ୍ନ ପ୍ରକାର କୀଟନାଶକ ଦ୍ରବ୍ୟ ସାର ଆକାରରେ ମାଟିରେ ଓ କଳାକାରଖାନାରୁ ବିଷାକ୍ତ ଜଳ ବାହାରି ନଦୀ ଇତ୍ୟାଦିରେ ମିଶି ପାଣିକୁ ବିଷାକ୍ତ କରୁଛି। କାରଖାନାରୁ ନିର୍ଗତ ଧୂଆଁ ବାୟୁକୁ ପ୍ରଦୂଷିତ କରିବା ସହ ଶବ୍ଦ ପ୍ରଦୂଷଣ ମଧ୍ୟ ଘଟୁଛି। ପ୍ରତିଦିନ ବିଶ୍ୱରେ ପ୍ରାୟ ଚଉଦ ହଜାର ଲୋକ ଦୂଷିତ ପାଣି ପିଇ ମରୁଛନ୍ତି। ସାତଶହ ନିୟୁତ ଭାରତୀୟଙ୍କର ଉପଯୁକ୍ତ ଶୌଚାଳୟ ନାହିଁ। ଏହାଛଡ଼ା ଭାରତରେ ପ୍ରତିଦିନ ଏକ ହଜାର ଲୋକ ହଇଜାରେ ମରୁଛନ୍ତି। ଚୀନରେ ପ୍ରତିବର୍ଷ ପାଞ୍ଚ ନିୟୁତ ଲୋକ ଉପଯୁକ୍ତ ପାନୀୟ ଜଳ ପାଆନ୍ତି ନାହିଁ ଓ ବାୟୁ ପ୍ରଦୂଷିତ ହେବା ଯୋଗୁଁ ଏଠାରେ ପ୍ରତିବର୍ଷ ପ୍ରାୟ ୬୫୬ ହଜାର ଲୋକ ମରନ୍ତି। ତେଣୁ ବିଶ୍ୱବାସୀଙ୍କୁ ଏହି ପ୍ରଦୂଷଣ ବିଷୟରେ ସଚେତନ କରିବା ଓ ଏହାର ନିରାକରଣ ପାଇଁ ପ୍ରତିବର୍ଷ ଡିସେମ୍ବର ୨ରେ ବିଶ୍ୱ ପ୍ରଦୂଷଣ ନିରାକରଣ ଦିବସ ପାଳନ କରାଯାଏ। ତେବେ ଉଦ୍‌ବେଗଜନକ ଭାବେ ଦିନକୁ ଦିନ ଇ-ଆବର୍ଜନାର ପାହାଡ଼ ଆମ ଆଖପାଖର ପରିବେଶକୁ ଅସ୍ତବ୍ୟସ୍ତ କରୁଛି। ଆମେ ହାତରେ ଧରୁଥିବା ଜୀବନ୍ତ ମୋବାଇଲ୍ ଫୋନ, ଆଇପ୍ୟାଡ୍ ବା ଆଇପଡ୍ ଅଥବା ଘରେ ନିତି ଦିନ ଗହଳ ଚହଳ କରୁଥିବା ଜୀବନ୍ତ ଟେଲିଭିଜନ ବା ଆମର ଘନିଷ୍ଠ ମିତ୍ର ସାଜିଥିବା କମ୍ପ୍ୟୁଟର ଅବଶ୍ୟ ଦିନେ ମରିବେ। କିନ୍ତୁ ଏହି ମୃତକମାନଙ୍କ ଦେହାବଶେଷ ମାଟିରେ ମିଶିଯିବ ନାହିଁ। ଏହା ପଡ଼ି ରହିବ ଏବଂ ଆବର୍ଜନାର ପାହାଡ଼ ସୃଷ୍ଟି କରିବ ଏ ପୃଥିବୀ ଉପରେ। ଏଭଳି ଆବର୍ଜନାର ପାହାଡ଼ ଯେ କି ବିଶାଳ ହୋଇପାରେ ତାର ଏକ ଚିତ୍ର ଏବେ ଆମକୁ ଜାଣିବାକୁ ମିଳିଛି। ଏଇ ନିକଟରେ ଜାତିସଂଘ ପକ୍ଷରୁ ଉପସ୍ଥାପନ କରାଯାଇଥିବା ଇଲେକ୍ଟ୍ରୋନିକ୍ ଏବଂ ଇଲେକ୍ଟ୍ରିକାଲ୍ ଆବର୍ଜନାର (ଗୋଟିଏ ବ୍ୟାଟେରିଠାରୁ ଆରମ୍ଭ କରି ମୋବାଇଲ, କମ୍ପ୍ୟୁଟର, ଫୋନ ଦେଇ ଛୋଟ କର୍ଡ଼ ପର୍ଯ୍ୟନ୍ତ) ମାନଚିତ୍ରରେ ଏହି ଆବର୍ଜନା ସ୍ତୂପର ଆକାର ଓ ବିଶାଳତା ସଂପର୍କରେ ସମ୍ୟକ ସୂଚନା ମିଳିଛି। ସେଥିରେ କୁହାଯାଇଛି ଯେ ଯୁକ୍ତରାଷ୍ଟ୍ର ଆମେରିକାରେ ମୁଣ୍ଡପିଛା ଇ-ଆବର୍ଜନା ସୃଷ୍ଟିର ପରିମାଣ ସର୍ବାଧିକ। ଏହା ହେଉଛି ମୁଣ୍ଡ ପିଛା ୨୯.୮ କେ.ଜି.। ଚୀନ୍‌ରେ ଏହି ପରିମାଣ ହେଉଛି ମୁଣ୍ଡ ପିଛା ୫.୪ କେ.ଜି। ବ୍ରିଟେନ୍‌ରେ ଏହି ପରିମାଣ ହେଉଛି ମୁଣ୍ଡ ପିଛା ୨୨ କିଲୋ।

ଏହି ମାନଚିତ୍ରରୁ ଜଣାପଡ଼ିଛି ଯେ ପୃଥିବୀରେ ପ୍ରତି ବର୍ଷ ସୃଷ୍ଟି ହେଉଛି ୪୮.୯



ନିୟୁତ ଟନ୍ ଓଜନର ଇ-ଆବର୍ଜନା। ତା' ଅର୍ଥ ପୃଥିବୀର ୭୦୦ କୋଟି ଲୋକଙ୍କ ମୁଣ୍ଡ ପିଛା ଇ-ଆବର୍ଜନାର ପରିମାଣ ହେଉଛି ୭ କେଜି। ଏହି ଆବର୍ଜନା ଭିତରୁ ସବୁଠାରୁ ଅଧିକ ହେଉଛି ମୋବାଇଲ ଫୋନ୍ ଯାହାର ପରିମାଣ ହେଲା ୧୨୦ ନିୟୁତ ଟନ୍। ଏଥିରେ ଭବିଷ୍ୟବାଣୀ କରାଯାଇଛି ଯେ ୨୦୧୭ ବେଳକୁ ଏହା ୩୩ ପ୍ରତିଶତ ହାରରେ ବୃଦ୍ଧି ପାଇ ପହଞ୍ଚିବ ୬୫.୯ ନିୟୁତ ମେଟ୍ରିକ୍ ଟନ୍‌ରେ। ଏହି ଆବର୍ଜନାର ଓଜନ ୨୦୦ଟି ଏମ୍ପାୟାର ଷ୍ଟେଟ୍ ବିଲ୍ଡିଂ ବା ଇଜିପ୍ଟର ୧୧ଟି ଅତିକାୟ ଗିଜା ପିରାମିଡ଼୍‌ର ଓଜନ ସହିତ ସମାନ ହେବ। ଯଦି ଏହି ଆବର୍ଜନାକୁ କେଉଁଠାକୁ ନେବାକୁ ପଡ଼େ ତେବେ ୪୦ ଟନ୍ ମାଲ୍ ବୋହିବାକୁ ସକ୍ଷମ ଥିବା ବିଶାଳ ଟ୍ରକ ଗୁଡ଼ିକର ଯେଉଁ ଲମ୍ବାଧାଡ଼ି ଲାଗିବ ତାହା ପୃଥିବୀର ବିଷୁବ ରେଖା ଦୈର୍ଘ୍ୟର ତିନି ଚତୁର୍ଥାଂଶ ହେବ। ୨୦୧୨ରେ ଚୀନ ସବୁଠାରୁ ଅଧିକ ଇ-ଆବର୍ଜନା ସୃଷ୍ଟି କରିଥିଲା। ତାର ପରିମାଣ ଥିଲା ୧୧.୧ ନିୟୁତ ଟନ୍। ଯୁକ୍ତରାଷ୍ଟ୍ର ଆମେରିକା ଥିଲା ଦ୍ୱିତୀୟ ସ୍ଥାନରେ। ଏବେ ଏ କ୍ରମ ବଦଳି ଯାଇଛି। ଏବେ ଯୁକ୍ତରାଷ୍ଟ୍ର ଆମେରିକା ୯.୪ ନିୟୁତ ଟନ୍ ଇ-ଆବର୍ଜନା ସୃଷ୍ଟି କରି ପ୍ରଥମ ସ୍ଥାନରେ ରହିଛି। ତେବେ ଆମେରିକା ଓ ଚୀନର ଜନସଂଖ୍ୟା ଭିତରେ ବହୁତ ତାରତମ୍ୟ ଥିବାରୁ ମୁଣ୍ଡପିଛା ଇ-ଆବର୍ଜନା ସୃଷ୍ଟିରେ ଆମେରିକା ଚୀନର ପ୍ରାୟ ପାଞ୍ଚଗୁଣ। ଭାରତରେ ବର୍ଷକୁ ୨୭୫୧ ମେଟ୍ରିକ୍ କିଲୋ ଟନ୍ (ଏକ କିଲୋଟନ୍ ହେଉଛି ୧୦୦୦ ଟନ୍) ଇ ଆବର୍ଜନା ସୃଷ୍ଟି ହେଉଛି। ଏ ସଂକ୍ରାନ୍ତରେ ଗୋଟିଏ ବଡ଼ ସଂକଟଜନକ କଥା ଜାତିସଂଘ ପକ୍ଷରୁ କୁହାଯାଇଛି। ତାହା ହେଲା ପାଶ୍ଚାତ୍ୟର ବିଶାଳ ଇ-ଆବର୍ଜନାର ଗଦା ବୋଝେଇ ହୋଇ ଭାରତରେ ପହଞ୍ଚିବାର ସମ୍ଭାବନା ସବୁଠାରୁ ଅଧିକ। କାରଣ ଇ-ଆବର୍ଜନାକୁ ନଷ୍ଟ କରିବା ଲାଗି ଲୋଡ଼ା ସ୍ୱତନ୍ତ୍ର ପ୍ରକାର ଫର୍ନେସ ଏଇବର୍ଷଠାରୁ ଚୀନ ଓ ମାଲେସିଆରେ ବନ୍ଦ ହୋଇଯିବ। କେବଳ ଭାରତରେ ଏ ସୁବିଧା ମିଳୁଥିବାରୁ ବିକଶିତ ଦେଶମାନେ ଭାରତକୁ ସେମାନଙ୍କ ଇ-ଆବର୍ଜନା ଡଂପିଙ୍ଗ ଗ୍ରାଉଣ୍ଡରେ ପରିଣତ କରିଦେବେ। ଏହା ଭାରତ ଲାଗି ବିପଜ୍ଜନକ ହୋଇପାରେ। କାରଣ ଇ-ଆବର୍ଜନାରୁ ବିକିରଣ ସହିତ ବିଭିନ୍ନ ମାରାତ୍ମକ ବିଷାକ୍ତ ପଦାର୍ଥ (ସୀସା, ଆର୍ସେନିକ୍, ଲିଥିଅମ୍ ଆଦି) ମିଶି ରହିଥାଏ ଯାହା ପ୍ରକୃତି ଓ ପରିବେଶକୁ ପ୍ରଦୂଷିତ କରି ଚାଲିଥାଏ। ବିଜ୍ଞାନର ଦ୍ରୁତ ବିକାଶ ଫଳରେ ମଣିଷ ହାତମୁଠାରେ ସବୁକିଛି ପାଇଯାଉଛି ଭାବନା ରଖି ଦିନକୁ ଦିନ ଜନସଂଖ୍ୟାର ବୃଦ୍ଧି, ଜଙ୍ଗଲ ସମ୍ପଦର କ୍ଷୟ, କୀଟନାଶକର ପ୍ରୟୋଗ ଓ ବ୍ୟାପକ ଯାନବାହନ ଚଳାଚଳ ପାଇଁ ପରିବେଶକୁ ପ୍ରଦୂଷିତ କରିବା ସହ ଇ-ଆବର୍ଜନାର ସଙ୍କଟକୁ ମଧ୍ୟ ବଢ଼ାଉଛି। ତେଣୁ ଆଜି ଏହି ଦିବସରେ ଆମେ ସମସ୍ତେ ସଚେତନ ହେବାପାଇଁ ନିଜ ଦାୟିତ୍ୱକୁ ନିର୍ବାହ ପାଇଁ ପ୍ରତିଜ୍ଞାବଦ୍ଧ ହେବା ଅତ୍ୟନ୍ତ ଜରୁରୀ।

*-ଶ୍ରୀବିହାର କଲୋନୀ, କଟକ, ଦୂରଭାଷ: ୯୪୩୭୬୬୬୪୫୩*




## ବିଶ୍ୱ ଏଡସ୍ ଦିବସ ଉପଲକ୍ଷେ ସଚେତନ ରାଲି

ଚମ୍ପୁଆ,(ପି.ଏନ):ଚମ୍ପୁଆ ଚନ୍ଦ୍ରଶେଖର ମହାବିଦ୍ୟାଳୟର ୟୁଥ୍ ରେଡକ୍ରସ ପକ୍ଷରୁ ବିଶ୍ୱ ଏଡସ୍ ଦିବସ ପାଳିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ ୟୁଥ୍ ରେଡକ୍ରସ ୱାଇ.ଆର.ସି. ଅଫିସର ରୀତା ଚାତରା ଓ ଅଧ୍ୟାପକ ଡ. ସୁନିଲ୍ କୁମାର ସାହୁଙ୍କ ନେତୃତ୍ୱରେ ଛାତ୍ରଛାତ୍ରୀଙ୍କ ଦ୍ୱାରା ଏକ ବିରାଟ ଶୋଭାଯାତ୍ରା ଚନ୍ଦ୍ରଶେଖର ମହାବିଦ୍ୟାଳୟରୁ ବାହାରି ଚମ୍ପୁଆ ସହର ପରିକ୍ରମା କରିବା ସହିତ ସଚେତନ ମୂଳକ ସ୍ଲୋଗାନମାନ ଦେଇ ଜନସାଧାରଣଙ୍କୁ ସଚେତନ କରିଥିଲେ। ପରେ ମହାବିଦ୍ୟାଳୟଠାରେ ଅଧ୍ୟାପକ ବିପିନ୍ ବିହାରୀ ଜେନାଙ୍କ ଅଧ୍ୟକ୍ଷତାରେ ଏକ ସଭା କାର୍ଯ୍ୟ ଅନୁଷ୍ଠିତ ହୋଇଥିଲା। ସାମ୍ପ୍ରତିକ ପରିସ୍ଥିତିରେ ଏଡସ୍ ର ଭୟାଭୟତା ଓ ଏହାର ନିରାକରଣ ଉପରେ ମତ ପ୍ରକାଶ ପାଇଥିଲା।

## ହାଟଡିହି ବ୍ଲକର ଚତୁର ଗ୍ରାମ ରୋଜଗାର ସେବକ ଦୁର୍ନିତିରେ ଛନ୍ଦି ହୋଇ ପଡିଛି , ପକ୍କାଗୃହ ଛାତ ନ ପାକାଇ ଛାତ ପକାଇବା ଟଙ୍କା ଉଠାଇ ନେଇଛି

ହାଟଡିହି,(ପି.ଏନ): କେନ୍ଦୁଝର ଜିଲା ହାଟଡିହି ବ୍ଲକଟି ଉତା , ହରିଶ୍ଚନ୍ଦ୍ର ଓ ମନରେଗା କାର୍ଯ୍ୟ ର ଦୁର୍ନିତି ପାଇଁ ରାଜ୍ୟର ଚର୍ଚ୍ଚାର ଜୋର ଧରିଥିବା ବେଳେ କିଛି ଚତୁର ଗ୍ରାମ ରୋଜଗାର ସେବକ ମାନଙ୍କ ପାଇଁ ଅଧିକ ଚର୍ଚ୍ଚାର କେନ୍ଦ୍ର ବିନ୍ଦୁ ପାଲଟିଛି। ବାଲିବରେଇ ପଂଚାୟତର ହରିଶ୍ଚନ୍ଦ୍ର ଯୋଜନାର ଅନମିୟତତା ଓ ଦୁର୍ନିତିକୁ ନେଇ ପ୍ରଶାସନ ପକ୍ଷରୁ ସୋସୋ ଥାନାରେ ଅଭିଯୋଗ ହେବା ପରେ ଜଣେ ପିଇଓ ଗିରଫ ହୋଇ ଜାମିନରେ ଆସିଥିବା ବେଳେ ଜିଆରଏସ ଆଗୁଆ ଜାମିନରେ ଆସିଛନ୍ତି । ପୁର୍ବତନ ସରପଂଚ ଆଗୁଆ ଜାମିନ ପାଇଁ ଆବେଦନ କରି ବୁଲୁଥିବାବେଳେ ଏହାକୁ ନେଇ ଚର୍ଚ୍ଚା ଜୋର ଧରିଛି। ସେହିପରି ସଡା ପଂଚାୟତର ବିଭିନ୍ନ ଦୁର୍ନିତିକୁ ନେଇ ଲୋକାୟୁକ୍ତର ତଦନ୍ତ ସରିଛି। ତାଛଡା ସରକାରଙ୍କ ବିଭିନ୍ନ ବିଭାଗ ପକ୍ଷରୁ ଅଡିଟି ରିପୋଟ୍ ରେ ମନରେଗା ଯୋଜନାର ଅନମିୟତତାର ଦୁର୍ନିତି ପଦାରେ ପକାଛନ୍ତି । ସେହିପରି ଢେଙ୍କା ପଂଚାୟତ ଚତୁର ଗ୍ରାମ ରୋଜଗାର ସେବକ ପକ୍କାଗୃହ ଯୋଜନାର ଠିକାଦାର ସାଜିଥିବାବେଳେ କିଛି ହିତାଧିକାରିଙ୍କର ଛାତ ନପକାଇ ଛାତ ପଡିଥିବା ଦର୍ଶାଇ ଅର୍ଥ ଉଠାଣ ହେବା ନେଇ ଚର୍ଚ୍ଚା ଜୋର ଧରିଛି। ଅର୍ଥ ଉଠାଇ ଠିକାଦାର ସାଜିଥିବା ହିତାଧିକାରିଙ୍କର ଛାତନପକାଇ ଧରାଛୁଆଁ ଦେଉନଥିବାରୁ ହିତାଧିକାରୀଙ୍କ ମନରେ ଅସନ୍ତୋଷ ପ୍ରକାଶ ପାଇବା ସହିତ କରିବା ସହିତ ଅଭିଯୋଗ କରିଛନ୍ତି । ଯାହା ଢେଙ୍କା ପଂଚାୟତର ସଙ୍ଗମ ଗ୍ରାମ ନାଇକ ସାହିର ପ୍ରମିଳା ପଡିଆରି ,ସ୍ୱାମୀ ପ୍ରସନ୍ନ ପଡିଆରୀ । ତାଙ୍କ ଗୃହଟି ନିମିଟଂାଲ ପର୍ଯ୍ୟନ୍ତ କାମ କରି ଛାତ ପକାଇବା ପର୍ଯ୍ୟନ୍ତ ହିତାଧିକାରୀଙ୍କ ଠାରୁ ଅର୍ଥ ଉଠାଇ ନେଇଛନ୍ତି । ଏହାକୁ ନେଇ ବାରମ୍ବାର ଜିଆରଏସ ଓ ପଂଚାୟତରେ ଅଭିଯୋଗ କରିବା ପରେ ଛାତ ଲେବୁଲ ପର୍ଯ୍ୟନ୍ତ ଇଟା ଯୋଡାଇ କିଛି ଦିନ ତଳେ କରିଛନ୍ତି । କିନ୍ତୁ ଛାତ ପଡିବା ପରେ ଏକ ଲକ୍ଷ ଟଙ୍କ ଉଠାଇବାକୁ ଥିବାବେଳେ ଚତୁର ଜିଆରଏସ ନିମିଟାଂଲ ଲେବୁଲ ପର୍ଯ୍ୟନ୍ତ କାର୍ଯ୍ୟକରି ୬ମାସରୁ ଉର୍ଦ୍ଧ ହେବ କାଗଜ ପତ୍ରରେ ଛାତ ପଡିଥିବା ଦର୍ଶାଇ ଅର୍ଥ ଉଠାଇ ନେବା ପ୍ରଶାସନର ସ୍ୱଚ୍ଛତା ଓ ଦକ୍ଷତା ପଦାରେ ପକାଇଥିବାବେଳେ ଚତୁର ଜିଆରଏସଙ୍କ ଦୁର୍ନିତି ପଦାରେ ପକାଇଛି । ସେହିପରି କିଛି ହିତାଧିକାରୀଙ୍କର ଛାତ ଲେବୁଲ ନକରି ଛାତ ପଡିଥିବା ଦର୍ଶାଇ ଅର୍ଥ ଉଠାଇ ନେଇଥିବା ବେଳେ ଆଉ କିଛି ହିତାଧିକାରୀଙ୍କର କବାଟ ଝରକା ନଲଗାଇ ଅର୍ଥ ଉଠାଇ ନେଇଥିବା ଅଭିଯୋଗ ହେଉଛି। ତେବେ ଚତୁର ଜିଆରଏସ ଙ୍କ କାରସାଦିରେ ପ୍ରଶାସନ ବୋକା ବନୁଥିବାବେଳେ ହିତାଧିକାରୀ ଗୃହ ପାଇଁ ମାସ ମାସ ପଲଥିନ୍ ତଳେ ଜୀବନ ବିତାଉଛନ୍ତି । ଜିଲା ପ୍ରଶାସନ ଏଭଳି ଦୁର୍ନିତିକୁ ତଦନ୍ତ କରାଇଲେ ଦୁର୍ନିତର ଗୁମୁର ଫିଟିପାରିବା ସହିତ ହିତାଧିକାରିମାନେ ଶିଘ୍ର ପକ୍କା ଗୃହ ଯୋଜନାରେ ସାମିଲ ହେବା ସହିତ ସରକାରଙ୍କର ଉଦ୍ଦେଶ୍ୟ ସଫଳ ହୋଇ ପାରନ୍ତା ବୋଲି କୁହାଯାଉଛି।

## ସାମସଙ୍ଗ ଇଣ୍ଡିଆର ସବୁଠାରୁ ବଡ଼ ପାର୍ବଣ ଅଫର ରିୱାର୍ଡ଼ ଇୟୋରସେଲ୍ଫର ଶୁଭାରମ୍ଭ

ଭୁବନେଶ୍ୱର: ଭାରତର ଅଗ୍ରଣୀ ଇଲେକ୍ଟ୍ରୋନିକ୍ସ ଏବଂ ସ୍ମାର୍ଟଫୋନ୍ ବ୍ରାଣ୍ଡ, ସାମସଙ୍ଗ ପକ୍ଷରୁ ଚଳିତ ପାର୍ବଣକୁ ଆହୁରି ଅଧିକ ଆକର୍ଷଣୀୟ କରିବା ପାଇଁ 'ରିୱାର୍ଡ଼ ଇୟୋରସେଲ୍ଫ' ଅଭିଯାନର ଶୁଭାରମ୍ଭ କରାଯାଇଛି । 'ରିୱାର୍ଡ଼ ଇୟୋରସେଲ୍ଫ' ଅଭିଯାନ ସହିତ, ଗ୍ରାହକମାନେ ଏଚଡ଼ିଏଫସି କ୍ରେଡ଼ିଟ କାର୍ଡ଼ ଏବଂ ଡ଼େବିଟ କାର୍ଡ଼ ଏବଂ ଏସବିଆଇ କ୍ରେଡ଼ିଟ କାର୍ଡ଼ ଉପରେ ୧୦% କ୍ୟାଶବ୍ୟାକ ପାଇବା ସହିତ ଆକର୍ଷଣୀୟ ବଣ୍ଡଲ ଅଫର ଏବଂ ସାମସଙ୍ଗର ବିସ୍ତୃତ ସ୍ମାର୍ଟଫୋନ୍ ଶୃଙ୍ଖଳ, ଓୟେରେବୁଲସ ଏବଂ ଟାବଲେଟ ଇତ୍ୟାଦି ପାଇବାର ସୁବିଧା ରହିଛି। ଏହି ପରିପ୍ରେକ୍ଷୀରେ ସାମସଙ୍ଗ ଇଣ୍ଡିଆର ମୋବାଇଲ ବିଜନେସର, ବରିଷ୍ଠ ଉପାଧ୍ୟକ୍ଷ, ଶ୍ରୀ ମୋହନଦୀପ୍ ସିଂ କହିଛନ୍ତି ଯେ, "ପାର୍ବଣ ସମୟରେ ଆମର ଗ୍ରାହକ ମାନଙ୍କ ଉତ୍ସାହକୁ ଆହୁରି ବୃଦ୍ଧି କରିବା ପାଇଁ, ଆମ୍ଭେମାନେ ଆମର ଅଫର ଗୁଡ଼ିକରେ କ୍ୟାଶବ୍ୟାକ, ସର୍ବନିମ୍ନ ମାସିକ କିସ୍ତି ଏବଂ ଅନ୍ୟ ଆକର୍ଷଣୀୟ ଯୋଜନାମାନ ନେଇଆସିଛୁ ।" ସାମସଙ୍ଗର 'ରିୱାର୍ଡ଼ ଇୟୋରସେଲ୍ଫ' ଅଭିଯାନ ଅନେକ ଗୁଡ଼ିଏ ସ୍ମାର୍ଟଫୋନ୍, ଟାବଲେଟ ଏବଂ ଓୟାରବୁଲସ ଉପରେ ଉପଲବ୍ଧ ଥିବାବେଳେ, ଏହି ପାର୍ବଣ ସମୟରେ ଗାଲାକ୍ସି ଡ଼ିଭାଇସ କ୍ରୟ କରୁଥିବା ପ୍ରତ୍ୟେକ ଗ୍ରାହକଙ୍କ ପାଇଁ ସୁନିଶ୍ଚିତ ପୁରସ୍କାର ନେଇଆସିଛି । ଏହି ଅଫରରେ ୪୯୯୯ ଟଙ୍କାରୁ ୧୦୪୯୯୯ଟଙ୍କା ମଧ୍ୟରେ ରହିଥିବା କେତେକ ବଛାବଛା ସ୍ମାର୍ଟଫୋନ୍, ଟାବଲେଟ ଏବଂ ଓୟେରେବୁଲସ ଉପରେ ଏଚଡ଼ିଏଫସି ବ୍ୟାଙ୍କ କାର୍ଡ଼ରେ ୧୦% କ୍ୟାଶବ୍ୟାକ ସୁବିଧା ରହିଛି । ଏହି ଅଫର ଅକ୍ଟୋବର ୧୫ ରୁ ଅକ୍ଟୋବର ୨୭, ୨୦୨୦ ପର୍ଯ୍ୟନ୍ତ ବୈଧ । ୪୯୯୯ଟଙ୍କାରୁ ୪୭୯୯୯ଟଙ୍କାର ସମସ୍ତ ଗାଲାକ୍ସି ସ୍ମାର୍ଟଫୋନ୍ ଏବଂ ବଛାବଛା ଟାବଲେଟ ଏବଂ ଓୟେରବୁଲସରେ ଏସବିଆଇ କ୍ରେଡ଼ିଟ କାର୍ଡ଼ରେ ୧୦% କ୍ୟାଶବ୍ୟାକ ଉପଲବ୍ଧ। ଏହି ଅଫର ଅକ୍ଟୋବର ୨୮ ରୁ ନଭେମ୍ବର ୧୭, ୨୦୨୦ ପର୍ଯ୍ୟନ୍ତ ବୈଧ ।ଗାଲାକ୍ସି ନୋଟ ୨୦ କ୍ରୟ କରୁଥିବା ଗ୍ରାହକମାନେ ତୁରନ୍ତ ୧୦,୦୦୦ ଟଙ୍କାର କ୍ୟାଶବ୍ୟାକ ପାଇପାରିବେ। ଏହି ଅଫର ଅକ୍ଟୋବର ୧୬ ରୁ ଅକ୍ଟୋବର ୨୫, ୨୦୨୦ ପର୍ଯ୍ୟନ୍ତ ବୈଧ। ଗାଲାକ୍ସି ଏ ସିରିଜ ଏବଂ ସମସ୍ତ ଫ୍ଲାଗସିପ୍ ଡ଼ିଭାଇସ ଉପରେ ଗ୍ରାହକମାନେ ନୋ କଷ୍ଟ୍ ଇଏମଆଇ ସହିତ ଜିରୋ ଡ଼ାଉନପେମେଂଟ ସୁବିଧା ପାଇପାରିବେ । ଗ୍ରାହକମାନେ ୧୩,୦୦୦ ଟଙ୍କା ପର୍ଯ୍ୟନ୍ତର ଅପଗ୍ରେଡ଼ ବୋନସ ପାଇପାରିବା ସହିତ ଚଳିତବର୍ଷ ଅକ୍ଟୋବର ୧୬ ରୁ ଅକ୍ଟୋବର ୨୫ ପର୍ଯ୍ୟନ୍ତ ଗାଲାକ୍ସି ନୋଟ୨୦ ଅଲଟ୍ରା କ୍ରୟରେ ୭୦୦୦ ଟଙ୍କା ମୁଲ୍ୟର ସାମସଙ୍ଗ ଭାଉଚର ପାଇପାରିବେ। ଗ୍ରାହକମାନେ ଏହି ଭଳି ଆହୁରି ଅନେକ ଆକର୍ଷଣୀୟ ଅଫରକୁ ଉପଭୋଗ କରିପାରିବେ। ଏହି ପାର୍ବଣ ଅଫରଗୁଡ଼ିକ ଅଗ୍ରଣୀ ରିଟେଲ ଷ୍ଟୋର ଏବଂ ସାମସଙ୍ଗ ଡ଼ଟ କମରେ କ୍ରୟ ଉପରେ ଉପଲବ୍ଧ।

## ସାନୀ ଇଣ୍ଡିଆ ପକ୍ଷରୁ ମହାମାରୀ ସଙ୍କଟରେ ନୂଆ ଉଦାହରଣ ସୃଷ୍ଟି କରାଯାଇଛି

ଭୁବନେଶ୍ୱର: ନିର୍ମାଣ ଯନ୍ତାଂଶ, ହେଭି ଯନ୍ତାଂଶ କ୍ଷେତ୍ରରେ ବିଭିନ୍ନ ଉତ୍ପାଦ ଉପଲବ୍ଧ କରାଉଥିବା ସାନୀ ଇଣ୍ଡିଆ ପକ୍ଷରୁ ମହାମାରୀ ସଙ୍କଟ ସମୟରେ ଏକ ନୂଆ ଉଦାହରଣ ସୃଷ୍ଟି କରାଯାଇଛି। କମ୍ପାନୀ ପକ୍ଷରୁ ଏହାର ସମସ୍ତ ୩୫ ଡିଲରଙ୍କୁ ସାମ୍ପ୍ରତିକ ଆହ୍ୱାନମୂଳକ ସମୟରେ ବହୁବିଧ ଆବଶ୍ୟକ ସହାୟତା ଯୋଗାଇ ଦିଆଯାଇଛି। କ୍ରେଡ଼ିଟ୍ ସମୟସୀମାକୁ କମ୍ପାନୀ ପକ୍ଷରୁ ବର୍ଦ୍ଧିତ କରାଯାଇଛି। ଏହି ସୁବିଧା ସମସ୍ତ ନିର୍ମାଣ ଯନ୍ତାଂଶ ଏବଂ ସ୍ପେୟାର ପାର୍ଟସ୍ ପାଇଁ ଉପଲବ୍ଧ ହେଉଛି। ସେହିପରି ଗ୍ରାହକଙ୍କ ୱାରେଂଟି ସମୟକୁ ମଧ୍ୟ ବଢ଼ାଇ ଦିଆଯାଇଛି। କମ୍ପାନୀରେ କାର୍ଯ୍ୟ କରୁଥିବା ୧୧୦୦ରୁ ଅଧିକ କର୍ମଚାରୀଙ୍କୁ ଦରମା ସହାୟତା ମଧ୍ୟ ଯୋଗାଇ ଦିଆଯାଇଛି। ଭାରତ ଏବଂ ଦକ୍ଷିଣ ଏସିଆରେ ଥିବା ଏହାର ପେ ରୋଲ୍ କର୍ମଚାରୀଙ୍କ ପାଇଁ ଏହି ସୁବିଧା ଲାଗୁ ହୋଇଛି। ଡିଲରଙ୍କୁ ଯୋଗାଇ ଦିଆଯାଇଥିବା ସହାୟତା ଯୋଗୁ ୩ ପ୍ରକାର ଲାଭ ମିଳି ପାରିଛି। ଡିଲରମାନେ ସେମାନଙ୍କର ମାନବସମ୍ବଳର ଉପଯୋଗ କରିପାରିଛନ୍ତି। ସେହିପରି ବ୍ୟବସାୟିକ ଧାରାକୁ ବଜାୟ ରଖିବା ସହିତ ବଜାର ଖୋଲିବା ପରେ ପୁଣି ସୁବିଧାରେ କାରବାର ଆରମ୍ଭ କରିପାରିଛନ୍ତି। ଏହି ଯୋଜନାବଦ୍ଧ ରଣନୀତି ଦ୍ୱାରା କମ୍ପାନୀ ୨୦୧୯ ତୁଳନାରେ ଲକ୍‌ଡାଉନ୍ ହଟିବା ପରେ ଗତ ୨ମାସ ଅଗଷ୍ଟ ଏବଂ ସେପ୍ଟେମ୍ବର ମଧ୍ୟରେ ବ୍ୟବସାୟ ବୃଦ୍ଧିରେ ଅଗ୍ରଗତି କରିପାରିଛି। କମ୍ପାନୀର ଏକ୍ସାଭେଟର ମାର୍କେଟ ଶେୟାର ୧୪.୫ ପ୍ରତିଶତରେ ପହଂଚିଛି। ଏହାର ଅଭିବୃଦ୍ଧି ହାର ୧୫ ପ୍ରତିଶତ ରହିଛି। ସେହିପରି କ୍ରାୱଲ କ୍ରେନ୍‌ର ମାର୍କେଟ ଶେୟାର ୪୫ ପ୍ରତିଶତ ଥିବାବେଳେ ଏହାର ଅଭିବୃଦ୍ଧି ହାର ୮୦ ପ୍ରତିଶତ ରହିଛି। ଟ୍ରକ୍ କେନ୍‌ର ମାର୍କେଟ ଶେୟାର ୭୦ ପ୍ରତିଶତ ଥିବାବେଳେ ଏହାର ବୃଦ୍ଧି ହାର ୧୦ ପ୍ରତିଶତ ଛୁଇଁଛି। ପିଲିଂ ରିଗ୍‌ର ମାର୍କେଟଶେୟାର ୭୫ ପ୍ରତିଶତ ଥିବାବେଳେ ଏହାର ବୃଦ୍ଧି ହାର ୨୪ ପ୍ରତିଶତ

ରହିଛି। ମୋଟୋର ଗ୍ରେଡ୍‌ର ମାର୍କେଟ ଶେୟାର ୧୧ ପ୍ରତିଶତ ଥିବାବେଳେ ଏହା ଅଭିବୃଦ୍ଧି ହାର ୧୦ ପ୍ରତିଶତ ରହିଛି। ସାନୀ ଇଣ୍ଡିଆ ଡିଲରମାନଙ୍କୁ ସବୁବେଳେ ଏହାର କାରବାର ବୃଦ୍ଧି ପାଇଁ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ଭାବେ ବିବେଚନା କରିଥାଏ। କମ୍ପାନୀର ପଦକ୍ଷେପ ଯୋଗୁ ଡିଲରମାନଙ୍କୁ ଆବଶ୍ୟକ ଆର୍ଥିକ ସହାୟତା ମିଳିପାରିଛି। ଏହି ଅବସରରେ ସାନୀ ଗ୍ରୁପ୍‌ର ଭାରତ ତଥା ଦକ୍ଷିଣ ଏସିଆ ମୁଖ୍ୟ କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଦୀପକ ଗର୍ଗ କହିଲେ, " ଆମେ ଆର୍ଥିକ ସହାୟତାକୁ ଉପଯୁକ୍ତ ମାର୍ଗରେ ପରିଚାଳିତ କରିପାରିଛୁ। ଏହାଦ୍ୱାରା ଡିଲରମାନେ ବିଶେଷ ଉପକୃତ ହୋଇପାରିଛନ୍ତି। ମହାମାରୀ ସଙ୍କଟ ସମୟରେ ସହାୟତା ଯୋଗୁ ଡିଲରମାନେ ସେମାନଙ୍କ କାରବାରକୁ ବନ୍ଦ ନ କରି ଜାରି ରଖିପାରିଛନ୍ତି।

କୋଭିଡ୍ ସଙ୍କଟ ଆମମାନଙ୍କୁ ଅସୁବିଧା ସମୟରେ କିଭଳି ସହାୟତା ଦ୍ୱାରା କାରବାର ବୃଦ୍ଧି କରାଯାଇ ପାରିବ ତାହାର ଏକ ଗୁରୁତ୍ୱପୂର୍ଣ୍ଣ ଶିକ୍ଷା ଦେଇଛି। ମହାମାରୀ ସଙ୍କଟ ସମୟରେ ପୃଥିବୀର ବହୁ କମ୍ପାନୀ ସେମାନଙ୍କର କର୍ମଚାରୀଙ୍କୁ ଛଟେଇ କରିବା ଆରମ୍ଭ କରିଥିଲେ। ଏପରିସ୍ଥଳେ ସାନୀ ଇଣ୍ଡିଆ ପଦୋନ୍ନତି ଏବଂ ଦରମା ବୃଦ୍ଧି କରିଥିଲା। କମ୍ପାନୀର ଏଭଳି ଦୂର ଦୃଷ୍ଟି ସମ୍ପନ୍ନ ଆର୍ଥିକ ନୀତିର ସକାରାତ୍ମକ ପ୍ରଭାବ ଏହାର ଆର୍ ଆଣ୍ଡ ଡି ଉପରେ ଅନୁଭୁତ ହୋଇଛି। ଲକ୍‌ଡାଉନ୍ ସମୟରେ ଗ୍ରାହକ ଏବଂ ଫାଇନାନ୍ସର,ମଲ୍ଟିପୁଲ ଟ୍ରେନିଂ ଏବଂ ଡେଭଲପମେଂଟ୍ କାର୍ଯ୍ୟ ଆଦି ସମ୍ପନ୍ନ ହୋଇପାରିଛି।

## ନିଶାନ୍ ଇଣ୍ଡିଆ ପକ୍ଷରୁ ଅଲ୍-ନ୍ୟୁ ନିଶାନ୍ ମାଗ୍ନାଇଟ୍ ବି-ଏସ୍‌ୟୁଭି ଉନ୍ମୋଚିତ

ଭୁବନେଶ୍ୱର: 'ମେକ୍ ଇନ୍ ଇଣ୍ଡିଆ, ମେକ୍ ଫର୍ ୱାର୍ଲ୍ଡ' ଦର୍ଶନ ଉପରେ ନିର୍ମିତ ନିଶାନ ଇଣ୍ଡିଆ ଏହାର ବହୁ ପ୍ରତିକ୍ଷୀତ ବି-ଏସ୍‌ୟୁଭି ଅଲ୍-ନ୍ୟୁ ନିଶାନ୍ ମାଗ୍ନାଇଟ୍‌କୁ ଉନ୍ମୋଚନ କରିଛି। ନିଶାନ୍-ନେସ୍ କନ୍‌ସେପ୍ଟର ଏକ ବାସ୍ତବ ପ୍ରତିଫଳନ ନୂଆ ନିଶାନ୍ ମାଗ୍ନାଇଟ୍‌କୁ ଏକ ଭର୍ଚୁଆଲ ଇଭେଂଟ୍ ଜରିଆରେ ସମଗ୍ର ବିଶ୍ୱର ଦର୍ଶକଙ୍କ ପାଇଁ ଉନ୍ମୋଚିତ କରାଯାଇଥିଲା। ଏସମ୍ପର୍କରେ ନିଶାନ ମୋଟର ଇଣ୍ଡିଆର ଅଧ୍ୟକ୍ଷ, ସିନାନ୍ ଓଜ୍‌କୋକ୍ କହିଛନ୍ତିଯେ, "ଅଲ୍-ନ୍ୟୁ ନିଶାନ୍ ମାଗ୍ନାଇଟ୍ ଆମର ନିଶାନ୍ ନେକ୍ସଟ୍ ରଣନୀତି କ୍ଷେତ୍ରରେ ଏକ ପ୍ରମୁଖ ଭୂମିକା ଗ୍ରହଣ କରୁଛି ଏବଂ ଏକ ଗ୍ରାହକ କୈନ୍ଦ୍ରିକ ସଂସ୍ଥା ଭାବେ ଭାରତୀୟ ବଜାର ପାଇଁ ନିଶାନ୍‌ର ଅବିସ୍ମରଣୀୟ ପ୍ରତିଶ୍ରୁତିର ପ୍ରତିନିଧିତ୍ୱ କରୁଛି। ଏହି କାର୍ ସମୃଦ୍ଧ ଅଭିଜ୍ଞତା ପାଇଁ ଆକର୍ଷଣୀୟ ଉତ୍ପାଦ ଡେଲିଭର କରିବା ଲାଗି ଆମେ କରୁଥିବା ସବୁକିଛିର କେନ୍ଦ୍ରରେ ଗ୍ରାହକଙ୍କୁ ରଖିବା ନେଇ ଆମର ବ୍ରାଣ୍ଡ ଫିଲୋସୋଫିକୁ ଦୋହରାଉଛି।" ଅଲ୍-ନ୍ୟୁ ନିଶାନ ମାଗ୍ନାଇଟ୍ ହେଉଛି ନିରନ୍ତର ଉଦ୍ଭାବନ, ଅତ୍ୟାଧୁନିକ ଟେକ୍ନୋଲୋଜି ଓ ଜାପାନିଜ୍ ଇଞ୍ଜିନିୟରିଙ୍ଗ୍‌ର ନିଶାନର ଗ୍ଲୋବାଲ ଏସ୍‌ୟୁଭି ଡିଏନ୍‌ଏର ଏକ ପ୍ରମାଣ। ଏଥିରେ ନିଶାନ୍ ଇଂଟେଲିଜେଂଟ୍ ମୋବିଲିଟି (ଏନ୍‌ଆଇଏମ୍) ର ଅଂଶ ଭାବେ ନୂତନ ଟେକ୍ନୋଲୋଜି ଏବଂ ଯାନଗୁଡିକୁ କିଭଳି ସମାଜ ସହ ପାରିଚାଳିତ, ଡ୍ରାଇଭେନ୍ ଓ ଇଂଟିଗ୍ରେଟେଡ୍ କରାଯିବ ତାହାକୁ ନେଇ କମ୍ପାନୀର ଆଭିମୁଖ୍ୟ ସାମିଲ ରହିଛି। ଜାପାନରେ ଡିଜାଇନ୍ ହୋଇଥିବା ଓ ଭାରତୀୟ ଗ୍ରାହକଙ୍କ ଆବଶ୍ୟକତା ଓ ଆକାଂକ୍ଷାକୁ ଦୃଷ୍ଟିରେ ରଖି ନିର୍ମିତ ଅଲ୍ ନ୍ୟୁ ନିଶାନ ମାଗ୍ନାଇଟ୍‌ରେ ଏକାଠିକ ଫାର୍ଷ୍ଟ-ଇନ୍-କ୍ଲାସ୍ ଓ ବେଷ୍ଟ-ଇନ୍-ସେଗମେଂଟ୍ ଫିଚର ରହିଛି। ଏହାର ଫାର୍ଷ୍ଟ-ଇନ୍-କ୍ଲାସ୍ ପ୍ଲେୟାର ଗାରନେଟ୍ ରେଡ୍ (ଟିଂଟ୍ କୋଟ୍) କଲର୍ ଗଭୀରତା ଓ ଉନ୍ନତ ଗୁଣବତା ସହ ପ୍ରିମିୟମନେସ୍‌କୁ ପ୍ରତିଫଳନ କରୁଛି। ଏହା ୯ଟି ବଡି କଲର୍‌ଏ ୫ଟି ମୋନୋଟୋନ୍ ଓ ୪ଟି ଡୁଆଲ ଟୋନ୍ କଲର୍‌ରେ ଉପଲବ୍ଧ ହେଉଛି। ଏହି କାର୍‌ରେ ସବୁଠାରୁ ପତଳା ହେଡ୍‌ଲ୍ୟାମ୍ପ, ହାଲୁକା ସେପର-ଷ୍ଟାଇଲ୍ ଟର୍ଣ୍ଣ ଇଣ୍ଡିକେଟର, ଏଲ୍- ସେପ୍ ଏଲଇଡି ଡେଟାଇମ୍ ରନିଙ୍ଗ ଲାଇଟ୍‌ସ (ଡିଆର୍‌ଏଲ୍) ଓ ଡୋମିନେଟିଙ୍ଗ୍ ଫ୍ରଂଟ୍ ଗ୍ରିଲ୍ ରହିଛି। ଏଥିରେ ବ୍ୟାପକ ଶୃଙ୍ଖଳାର ଆକ୍‌ସେସରିଜ୍, ଏକ ୱାୟାରଲେସ୍ ଚାର୍ଜର, ଏୟାର ପ୍ୟୁରିଫାୟାର, ପଡଲ୍ ଲ୍ୟାମ୍ପ ଓ ଆମ୍ବିଏଂଟ୍ ମୁଡ୍ ଲାଇଟିଂ ଥିବା ଟେକ୍ ପାକ୍ ରହିଛି। ଏହାର ହରାଇଜୋଂଟାଲ ଇନ୍‌ଷ୍ଟ୍ରୁମେଂଟ୍ ପ୍ୟାନେଲ ଷ୍ଟ୍ରକ୍‌ଚର ଡବଲ ଡେକ୍ କନ୍‌ସୋଲ ଏହି କାର୍‌କୁ ଅଧିକ ଚଉଡା କରୁଛି।

## ଇଣ୍ଡିଆନ ଟେରେନ୍ ଏକ ଫେୟାରଟ୍ରେଡ କ୍ୟାପ୍‌ସୁଲ ସହିତ ହାଇ ଷ୍ଟ୍ରିଟ ଫେସନ୍‌ରେ ନିରନ୍ତରତାର ଅଗ୍ରଣୀ ସାଜିଛି

ଭୁବନେଶ୍ୱର : ବିଗତ ବର୍ଷଗୁଡ଼ିକରେ ନିରନ୍ତର ଏବଂ ଦାୟିତ୍ୱ ସଂପନ୍ନ ଗ୍ରାହକମାନେ ବ୍ରାଣ୍ଡଗୁଡ଼ିକୁ ସେମାନଙ୍କ ଯୋଗାଣ ଶୃଙ୍ଖଳାରେ ସ୍ୱଚ୍ଛତା ଓ ନିରନ୍ତରତା ପ୍ରଦର୍ଶନ କରିବା ଲାଗି ଉତ୍ସାହିତ କରୁଛନ୍ତି। ଗ୍ରାହକମାନଙ୍କୁ ଶ୍ରେଷ୍ଠ ଗୁଣାତ୍ମକ ମାନର ଉତ୍ପାଦ ଯୋଗାଇବା ନେଇ ୨୦ ବର୍ଷର ପ୍ରତିବଦ୍ଧତାକୁ ଦୋହରାଇ ଓ ଏକ ସୁଦୃଢ଼ ଜାତୀୟ ବ୍ରାଣ୍ଡ ସୃଷ୍ଟି କରିବା ଲାଗି ଦେଶର ଆହ୍ୱାନ ଅନୁସାରେ ଭାରତର ଅଗ୍ରଣୀ ପୁରୁଷ ପରିଧାନ ଓ ଶିଶୁ ପରିଧାନ ବ୍ରାଣ୍ଡ ଇଣ୍ଡିଆନ ଟିରେନ୍ ପକ୍ଷରୁ ପରିବେଶର ସୁରକ୍ଷା ଓ ଗୁଜରାଟର ଫେୟାରଟ୍ରେଡ ଋଷୀଙ୍କୁ ସଶକ୍ତ କରିବା ଲାଗି ଏକ ସ୍ୱତନ୍ତ୍ର ନିରନ୍ତର ଫେସନ ପୋଷାକ ବର୍ଗ (ସଷ୍ଟେନେବଲ ଫେସନ୍ ଲାଇନ୍) ସୃଷ୍ଟି କରିବା ପାଇଁ ଫେୟାରଟ୍ରେଡ ଇଣ୍ଡିଆ ସହ ହାତ ମିଳାଯାଇଛି। ଫେସନ୍‌ର ସାମାଜିକ ଓ ପରିବେଶ ଉପସ୍ଥିତି ବୃଦ୍ଧି ପାଉଥିବାରୁ ପରିବର୍ତ୍ତନକୁ ଆଗକୁ ବଢ଼ାଇବା ବ୍ରାଣ୍ଡ ଲାଗି ଅଧିକ ଗୁରୁତ୍ୱପୂର୍ଣ୍ଣ ହୋଇପଡ଼ିଛି। ନିରନ୍ତର ଫେସନ୍‌କୁ ମୁଖ୍ୟସ୍ରୋତରେ ପରିଣତ କରିବା ଲାଗି ଇଣ୍ଡିଆନ ଟେରେନ୍ ଏହାର ଭୂମିକାକୁ ସ୍ୱୀକୃତି ଦେଇଛି। ଏହି ଦିଗରେ ପଦକ୍ଷେପ ସ୍ୱରୂପ ଏକ ଫାୟାରଟ୍ରେଡ କ୍ୟାପସୁଲ ଉନ୍ମୋଚନ କରିବା ଲାଗି ଭାରତର ପ୍ରଥମ ହାଇ ଷ୍ଟ୍ରିଟ ବ୍ରାଣ୍ଡ ହେବାକୁ କଂପାନି ପ୍ରତିବଦ୍ଧ। ଇଣ୍ଡିଆନ ଟେରେନ୍‌ର ଫେୟାରଟ୍ରେଡ ଲେବଲ ଥିବା ସମ୍ଭାର/ କ୍ୟାପସୁଲର ଅର୍ଥ ହେଉଛି ସମ୍ଭାର/କ୍ୟାପସୁଲ ତିଆରି କରିଥିବା କ୍ଷେତ ଓ କାରଖାନାଗୁଡ଼ିକରେ ସାମାଜିକ ଓ ପରିବେଶ ନିରନ୍ତରତା ମାନକକୁ ପାଳନ କରାଯାଇଛି। ଏହାର ଅର୍ଥ ହେଉଛି-ଋଷୀମାନେ ଉତ୍ପାଦିତ ସାମଗ୍ରୀ ପାଇଁ ଉଚିତ ମୂଲ୍ୟ ପାଇଛନ୍ତି, କେଣସି ହାନିକାରକ କିଟନାଶକ ବ୍ୟବହାର କରାଯାଇନାହିଁ, ଶିଶୁ ଶ୍ରମିକ ନିଷିଦ୍ଧ କରାଯାଇଛି ଏବଂ ଏହି ପୋଷାକଗୁଡ଼ିକ ତିଆରି ବେଳେ ପରିବେଶକୁ ସୁରକ୍ଷା ଦିଆଯାଇଛି। ଏହି ସହଯୋଗିତା ସଂପର୍କରେ ଶ୍ରୀଯୁକ୍ତ ଚରଥ ନରସିମହନ୍, ପରିଋଳନା ନିର୍ଦ୍ଦେଶକ, ଇଣ୍ଡିଆନ ଟେରେନ୍ ଫେସନସ୍ ଲିମିଟେଡ କହିଛନ୍ତି ଯେ, ଠକ୍ରଙ୍କକ୍ଟସ୍ପ;ଯେଉଁ ଫେସନ୍‌ର ଦୁନିଆକୁ ଆମେ ଜାଣିଥିଲୁ ତାହା ଉଦୀୟମାନ ହୋଇଛି ଏବଂ ବର୍ତ୍ତମାନ ତାହା ଅଧିକ ପରିବେଶ ସଚେତନ ହୋଇପଡ଼ିଛି। ଏକ ଅଧିକ ନିରନ୍ତର ଜୀବନଯାପନ ଶୈଳୀକୁ ଗ୍ରହଣ କରିବା ବିଷୟରେ ଗ୍ରାହକମାନଙ୍କ ମଧ୍ୟରେ ଆଲୋଚନା ବଢ଼ିଛି। ଫେୟାରଟ୍ରେଡ ସହିତ ଆମର ସହଯୋଗିତା ଜରିଆରେ ବିଶ୍ୱାସ,

ନିରନ୍ତରତା ଏବଂ ଗୁଣାତ୍ମକ ମାନକୁ ନେଇ ବୃଦ୍ଧି ପାଉଥିବା ଆବଶ୍ୟକତାକୁ ପୂରଣ କରିବା ପାଇଁ ନିରନ୍ତରତା ଦିଗରେ ଏହା ହେଉଛି ଅନ୍ୟତମ ପଦକ୍ଷେପ, ତେଣୁ ଭାରତର ପ୍ରଥମ ହାଇ ଷ୍ଟ୍ରିଟ ବ୍ରାଣ୍ଡରେ ପରିଣତ ହୋଇଛୁ ଯାହା ଗୁଜରାଟର ସୁରେନ୍ଦ୍ରନଗର ଜିଲ୍ଲାରୁ ଋଷୀଙ୍କ ଠାରୁ ଫେୟାରଟ୍ରେଡ କଟନ୍ ସଂଗ୍ରହ କରି ସ୍ୱତନ୍ତ୍ର ଉତ୍ପାଦ ବର୍ଗ ତିଆରି କରୁଛି। ସେ ଆହୁରି କହିଛନ୍ତି ଯେ, ଆଗକୁ ଫେୟାରଟ୍ରେଡ କଟନ୍, ରିସାଇକଲଡ କଟନ୍, ରିସାଇକଲଡ ପଲିଷ୍ଟର ଏବଂ ଅର୍ଗାନିକ ଓ ପ୍ରାକୃତିକ ଫାଇବର ଯଥା ବାଉଁଶ, ହେମ୍ପ ଯାହାକୁ ଆସନ୍ତା ତିନି ବର୍ଷ ଭିତରେ ସଚେତନ ଭାବେ ଏବଂ ନିରନ୍ତରତାର ସହ ସଂଗ୍ରହ କରାଯାଇଥିବ ତାହାକୁ ବ୍ୟବହାର କରି ସମଗ୍ର ପୋର୍ଟଫୋଲିଓର ୫୦ ପ୍ରତିଶତରୁ ଅଧିକ ଉତ୍ପାଦ ଉତ୍ପାଦନ କରିବାକୁ ଆମେ ଋହୁଁଛୁ। ଆମେ ସାର୍ଟିଫାଏଡ ଯୋଗାଣକାରୀଙ୍କ ସହ କାର୍ଯ୍ୟ କରିବୁ ଏବଂ ବ୍ୟବହାର ହେଉଥିବା କଂଋମାଲ କେଉଁଠାରେ ମିଳୁଛି ତାହା ଗୁରୁତ୍ୱାରୋପ କରି ଆମର ଲକ୍ଷ୍ୟ ସହିତ ଯୋଗାଣ ଶୃଙ୍ଖଳ ସହଯୋଗୀମାନଙ୍କୁ ଜଡ଼ିତ କରିବା ନିଶ୍ଚିତ କରିବୁ। ଜୈବ ବିଘଟିତ ପ୍ୟାକେଜିଂ ଏବଂ ଉତ୍ପାଦ ବଂଟନ ଜରିଆରେ ଅନ୍ୟାନ୍ୟ ପ୍ରକ୍ରିୟା ପର୍ଯ୍ୟନ୍ତ ମଧ୍ୟ ଆମେ ନିରନ୍ତରତାକୁ ସଂପ୍ରସାରିତ କରିବୁ। ଫେୟାରଟ୍ରେଡ ଇଣ୍ଡିଆ ସହଯୋଗିତାରେ ଇଣ୍ଡିଆନ ଟେରେନ୍‌ର ନୂଆ ସମ୍ଭାର ସବୁଠୁ ଫେସନେବଲ ପୋଷାକ ସହିତ ଦାୟିତ୍ୱବାନ ଷ୍ଟାଇଲର ଭାବ ପ୍ରଦାନ କରୁଛି। ସ୍ୱତନ୍ତ୍ର ଗ୍ରାଫିକ ପ୍ରିଂଟର ବିବିଧତା, ସଲିଡ ଓ ପାଷ୍ଟେଲ ରଙ୍ଗ ମିଶ୍ରଣର ବର୍ଗ ସହିତ ଇଣ୍ଡିଆନ ଟେରେନ୍ ପୋଷାକର ଆରାମ ଏହି ପୋଷାକକୁ ନିଶ୍ଚିତ ଦରକାରରେ ପରିଣତ କରିଛି। ଏହି କ୍ୟାପସୁଲ ସମ୍ଭାର ବର୍ତ୍ତମାନ ପ୍ରଦାନ କରୁଛି ଟି;ର ସମ୍ଭାର ଯେଉଁଥିରେ ପୁରୁଷ ଓ ବାଳକଙ୍କ ପାଇଁ କ୍ରୁ ନେକ୍ ଟି-ସାର୍ଟ ରହିଛି ଏବଂ ଟି-ସାର୍ଟ ବ୍ୟତୀତ ସାର୍ଟ ଏବଂ ଟ୍ରାଉଜର ଆଦକି ନେଇ ଏକ ବୃହତ ସମ୍ଭାର ପର୍ଯ୍ୟନ୍ତ ଏହାକୁ ଆହୁରି ସଂପ୍ରସାରିତ କରାଯିବ। ପୁନଶ୍ଚ, ଗ୍ରାହକମାନେ ଇଣ୍ଡିଆନ ଟେରେନ୍ ଫେୟାରଟ୍ରେଡ ସମ୍ଭାରରୁ ଯେତେ ଅଧିକ ଉତ୍ପାଦ କିଣିବେ ଋଷୀ ସଂଗଠନଗୁଡ଼ିକ ସେତେ ଅଧିକ ପରିମାଣର ଫେୟାରଟ୍ରେଡ ପ୍ରିମିୟମ ପାଇପାରିବେ। ନିରନ୍ତରତା ଆପଣଙ୍କୁ ଭଲ ଅନୁଭୂତି ପ୍ରଦାନ କରିବ। ଅଭିଶେଷ ଜାନି, ସିଇଓ, ଫେୟାରଟ୍ରେଡ ଇଣ୍ଡିଆ କହିଛନ୍ତି ଯେ, ବିଶ୍ୱ ଫେସନ୍ ଶିଳ୍ପ କୋଭିଡ-୧୯ର ପ୍ରଭାବ ଦେଇ ଗତି କରୁଥିବା ବେଳେ ନିରନ୍ତରତାର ପ୍ରସାର ପାଇଁ ଇଣ୍ଡିଆନ ଟେରେନ୍ ବଳିଷ୍ଠ ପଦକ୍ଷେପ ଗ୍ରହଣ କରିଛି। ସେମାନଙ୍କ ଫେୟାରଟ୍ରେଡ ସମ୍ଭାର ଉନ୍ମୋଚନ ସହିତ ଇଣ୍ଡିଆନ ଟେରେନ୍ କେବଳ ଏହି ଗ୍ରହ ଓ ଯୋଗାଣ ଶୃଙ୍ଖଳର ସମ୍ବେଦନଶୀଳ ଗୋଷ୍ଠୀ ପ୍ରତି ଗଭୀର ପ୍ରତିବଦ୍ଧତା ପ୍ରଦର୍ଶନ କରିନାହିଁ ବରଂ ଭାରତୀୟ କପା ଋଷିଙ୍କୁ ସେମାନଙ୍କ ଉତ୍ପାଦ ପାଇଁ ଏକ ବଜାର ପ୍ରଦାନ କରିବା ସହ ସେମାନଙ୍କୁ ଉଚିତ ମୂଲ୍ୟ ପ୍ରଦାନ ପାଇଁ ପ୍ରତିବଦ୍ଧତାକୁ ଦୋହରାଇଛି। ଫେସନ୍ ଶିଳ୍ପରେ ପରିଋଳିତ ହେଉଥିବା ବ୍ରାଣ୍ଡ ଓ ବ୍ୟବସାୟଗୁଡ଼ିକୁ ପ୍ରଦୂଷଣ ଓ ଶୋଷଣ ଚକ୍ରରେ ସେମାନଙ୍କ ଭୂମିକାଙ୍କୁ ମାନ୍ୟତା ଦେବାକୁ ପଡ଼ିବ କିମ୍ବା ସକାରାତ୍ମକ ପରିବର୍ତ୍ତନ ଓ ସାମାଜିକ ସଶକ୍ତୀକରଣର ବାର୍ତାବହ ହେବାକୁ ପଡ଼ିବ।

## କୋଟାକ ମ୍ୟୁଚୁଆଲ ଫଣ୍ଡ୍ ଶୁଭାରମ୍ଭ କଲା ଡିଜିଟାଲ ପ୍ରଚାର ଅଭିଯାନ

ମୁମ୍ବଇ : "ଲକ୍‌ଡାଉନ ପରବର୍ତ୍ତୀ ସମୟରେ ଆପଣ କ'ଣ କରିବେ ?" ଉପଭୋକ୍ତାଙ୍କର ଏହି ମାନସିକତା ପ୍ରତି ଦୃଷ୍ଟିଦେଇ କୋଟାକ ମହିନ୍ଦ୍ରା ଆସେଟ୍ ମ୍ୟାନେଜମେଠକ୍ଷସ୍ପ; କମ୍ପାନୀ (କୋଟାକ ମ୍ୟୁଚୁଆଲ ଫଣ୍ଡ) ତାହାର ଡିଜିଟାଲ ପ୍ରଚାରର ଅଭିଯାନ 'ସପ୍‌ନୋ ପେ କୋଇ ଲକ୍‌ଡାଉନ ନହି ହୋତା'(ଶୁଭାରମ୍ଭ ସମ୍ପର୍କରେ ଘୋଷଣା କରିଛି- ଯାହାର ଅର୍ଥ ସ୍ୱପ୍ନରେ କଦାପି ଲକ୍‌ଡାଉନ ହୋଇପାରିବ ନାହିଁ। କୋଟାକ ମହିନ୍ଦ୍ରାର 'ଲେଟ୍‌ସ ପ୍ଲାନ' ଶିକ୍ଷାଭିତ୍ତିକ ଅନ୍‌ଲାଇନ ପ୍ଲାଟଫର୍ମ ଜରିଆରେ ପ୍ରଚଳନ କରାଯାଇଥିବା ଏହି ପ୍ରଚାର ଅଭିଯାନଦ ସ୍ୱପ୍ନକୁ ସାକାର କରିବା ପାଇଁ ନିୟମିତ ସଞ୍ଚୟ ଏବଂ ନିବେଶ କରିବାର ଗୁରୁତ୍ୱ ଉପରେ ଆଲୋକପାତ କରୁଛି। ବିଷୟବସ୍ତୁ ଏବଂ ଏକ ସହଜରେ ବୁଝିହେଉଥିବା ହିସାବ ସହାୟତାରେ ଏହି ଅଭିଯାନ ଉପଭୋକ୍ତାଙ୍କୁ ଅନ୍ତରୀଣ ଜଟିଳ ସମୟରେ ଉପଯୁକ୍ତ ମାର୍ଗରେ ଅଗ୍ରସର ହେବା ଏବଂ ସେମାନଙ୍କର ଆର୍ଥିକ ଯାତ୍ରାରେ ସଠିକ ପଥରେ ପରିଚାଳିତ ହୋଇ ସେମାନେ ହାସଲ କରିବାକୁ ଚାହୁଁଥିବା ଆର୍ଥିକ ଲକ୍ଷ୍ୟ ହାସଲରେ ସହାୟତା କରୁଛି। ଚାକିରୀ ଅଥବା ଜୀବିକା ଉପାର୍ଜନ ଉତ୍ସ ହରାଇବା ପରେ, ସାମ୍ପ୍ରତିକ ଦୃଶ୍ୟପଟ୍ଟରେ ଏସଆଇପିକୁ ବନ୍ଦ ରଖିବା ଅଥବା ଜାରି ରଖିବା, ସୀମିତ ବେତନ ମଧ୍ୟରେ କିଭଳି ଖର୍ଚ୍ଚ ଓ ପୁଞ୍ଜିନିବେଶକୁ ପରିଚାଳନା କରିବା ଆଦିକୁ ନେଇ ଜୀବନ ସହିତ କିଭଳି ଆଗକୁ ବଢିବାକୁ ହେବ ସେ ସମ୍ପର୍କିତ ଅନେକ ପ୍ରାସଙ୍ଗିକ ପ୍ରଶ୍ନର ଉତ୍ତର ଏହାର ବିଷୟବସ୍ତୁରେ ରହିଛି। ବିବିଧ ଡିଜିଟାଲ ମାଧ୍ୟମରେ ପ୍ରସାରିତ ହେବାକୁ ଥିବା ଏହି ପ୍ରଚାର ଅଭିଯାନର ଭିଡିଓରେ ଜୀବନର ବିଭିନ୍ନ କ୍ଷେତ୍ରରୁ ଉପଭୋକ୍ତାଙ୍କର ଆଶା ଆକାଙ୍କ୍ଷା ପ୍ରଦର୍ଶିତ ହୋଇଛି ଏବଂ 'ଲେଟ୍‌ସ ପ୍ଲାନ୍' କିଭଳି ଜନସାଧାରଣଙ୍କ ସ୍ୱପ୍ନକୁ ସୋପାନ ପରେ ସୋପାନ ସାକାର କରିବାରେ ସହାୟକ ହେଉଛି, ତାହା ବର୍ଣ୍ଣନା କରିଛି କୋଟାକ ମହିନ୍ଦ୍ରା ଆସେଟ ମ୍ୟାନେଜମେଉୟ' କମ୍ପାନୀ ଲିମିଟେଡର ଡିଜିଟାଲ ବିଜନେଓ ମାର୍କେଟିଂ ମୁଖ୍ୟ କିଞ୍ଜାଲ ଶାହ କହିଛନ୍ତି, "ଆମର ପୁରସ୍କାରପ୍ରାପ୍ତ ପ୍ରଚାର ଅଭିଯାନ 'ଟକ୍ ଟୁ ମିଷ୍ଟର ଏସଆଇପି' ପରେ 'ସପ୍‌ନୋ ପେ କୋଇ ଲକ୍‌ଡାଉନ ନହି ହୋତା' ଉପଭୋକ୍ତାଙ୍କୁ ନୂତନ ସ୍ୱାଭାବିକ ପରିସ୍ଥିତିରେ ସେମାନଙ୍କର ଭବିଷ୍ୟତ ସମ୍ପର୍କରେ ଯୋଜନା କରିବା ଦିଗରେ ସହାୟତା କରିବାକୁ ଏକ ଅନନ୍ୟ ଶିକ୍ଷାଭିତ୍ତିକ ନିବେଶକ ପ୍ରୟାସ

ହୋଇଛି। ଏହି ପ୍ରଚାର ଅଭିଯାନର ମୂଳ ତତ୍ତ୍ୱ ହେଉଛି- ବିଶ୍ୱସ୍ତରରେ ଜୀବନ ଜୀବିକାକୁ ଧୂଳିସାତ୍ କରିଦେଇଥିବା ଭୟାନକ କରୋନାଭୂତାଣୁ ମହାମାରୀ କୋଭିଡ-୧୯ କଦାପି ଆର୍ଥିକ ଯୋଜନା ପ୍ରସ୍ତୁତି ପ୍ରକ୍ରିୟାରେ ସ୍ଥାଣୁତା ନଆଣୁ। 'ଲେଟ୍‌ସ ପ୍ଲାନ୍' ସହିତ ଉପଭୋକ୍ତାଙ୍କୁ ଏସଆଇପିର ପ୍ରମାଣିତ ଶକ୍ତି ବଳରେ ସେମାନଙ୍କ ଭବିଷ୍ୟତ ଯୋଜନା ପାଇଁ ଆବଶ୍ୟକ କରୁଥିବା ସାଧନ ଓ ସୂଚନା ପ୍ରଦାନକରି ସେମାନଙ୍କୁ ସଶକ୍ତ କରୁଛି।" ଏହି ପ୍ରଚାର ଅଭିଯାନ ଡିଜିଟାଲ ମାର୍କେଟିଂ ସଂସ୍ଥା ହାଇପର୍ କନେକ୍ଟ ଦ୍ୱାରା ପ୍ରସ୍ତୁତ କରାଯାଇଛି। ହାଇପର୍ କନେକ୍ଟର ସହ ପ୍ରତିଷ୍ଠାତା ତଥା କ୍ରିଏଟିଭ ମୁଖ୍ୟ କିରଣ ଖାଡ୍‌କେ କହିଛନ୍ତି, 'ସ୍ୱପ୍ନ ସଂପୂର୍ଣ୍ଣ ମାଗଣା, ତାହା ଜଣକୁ କେବଳ ସମ୍ଭାବନା ରହିଥିବାର ବିଶ୍ୱାସ ପ୍ରଦାନ କରେ। ଆମେ ଏହି ମୌଳିକ ତତ୍ତ୍ୱକୁ ବାଛିଲୁ ଏବଂ ତାହାକୁ ଏସଆଇପିର ମୂଳ ବିଷୟ ସହିତ ସଂଯୁକ୍ତ କଲୁ, ଏବଂ ତାହାପରେ ଏହି ପ୍ରଚାର ଅଭିଯାନ ସୃଷ୍ଟିହେଲା। ଭିଡିଓରେ ଏହି ବର୍ଣ୍ଣନାକୁ ପ୍ରତିପାଦନ କରାଯାଇଛି ଏବଂ ଏହାର ବିଷୟବସ୍ତୁ ନୂତନ ତଥା ପୂର୍ବରୁ ରହିଥିବା ନିବେଶକଙ୍କୁ ସହଜ ହିସାବ ଜରିଆରେ ସେମାନଙ୍କ ସ୍ୱପ୍ନକୁ ନେଇ ଅତ୍ୟନ୍ତ ସୂକ୍ଷ୍ମ ଭାବରେ ଯୋଜନା ପ୍ରସ୍ତୁତ କରିବାରେ ସହାୟତା କରୁଛି।"

## ପବ୍ଲିକ ୟୁଟିଲିଟି ସେବାରେ ଘରୋଇ କ୍ଷେତ୍ର ସାମର୍ଥ୍ୟକୁ ଉପଯୋଗ କଲା ଇଣ୍ଡିଆ ପାୱାର

ଭୁବନେଶ୍ୱର: ଏକ ଅଗ୍ରଣୀ ଶକ୍ତି ୟୁଟିଲିଟି ଇଣ୍ଡିଆ ପାୱାର କର୍ପୋରେସନ ଲିମିଟେଡ (ଇଣ୍ଡିଆ ପାୱାର) ପବ୍ଲିକ ୟୁଟିଲିଟି ସେବାରେ ଘରୋଇ କ୍ଷେତ୍ର ସାମର୍ଥ୍ୟକୁ ସୁଲଭ ମୂଲ୍ୟରେ ଉପଯୋଗ କରିବାରେ ଧ୍ୱଜାଧାରୀ ଭାବେ ଉଭା ହୋଇଛି। ୧୯୧୯ରୁ ଉପଭୋକ୍ତାଙ୍କୁ ବିଦ୍ୟୁତ ଯୋଗାଇ ଆସୁଥିବା ରାଷ୍ଟ୍ରାୟତ୍ତ ଦିଶେରଗଡ ପାୱାର ସପ୍ଲାଇ କମ୍ପାନୀ (ଡିପିଏସ୍‌ସି)କୁ ଅଧିଗ୍ରହଣ କରିବା ଦ୍ୱାରା କମ୍ପାନୀ ତାହାର ସେବା ଯୋଗାଣରେ ସରକାରୀ ଏବଂ ଘରୋଇ କ୍ଷେତ୍ରର ସର୍ବୋତ୍ତମକୁ ସମ୍ମିଶ୍ରଣ କରିଛି। ଏହି ଅଧିଗ୍ରହଣ ଏକ ଆଧୁନିକ ୟୁଟିଲିଟି ସୃଷ୍ଟି କରିଛି ଯାହା ଗ୍ରାହକଙ୍କୁ ସେମାନେ ଦେଉଥିବା ମୂଲ୍ୟର ଉପଯୁକ୍ତ ସେବା ଦେବା ବ୍ୟବସ୍ଥାରେ ଉନ୍ନତି ଆଣିବା ନିମନ୍ତେ ଅଗ୍ରଣୀ ପ୍ରଯୁକ୍ତିକୁ ବ୍ୟବହାର କରୁଛି ଏବଂ ସମାଜ ପ୍ରତି ନିଜର ଦୃଢ ପ୍ରତିଶ୍ରୁତିବଦ୍ଧତା ରଖୁଛି। ଇଣ୍ଡିଆ ପାୱାର ଡିପିଏସ୍‌ସିର ଠିକାରେ ଥିବା କର୍ମଚାରୀଙ୍କ ସମେତ ପ୍ରାୟ ୨୦୦୦ କର୍ମଚାରୀଙ୍କୁ ସଶକ୍ତ କରିଛି ଏବଂ ସେମାନଙ୍କୁ ନିଜର ପୂର୍ବରୁ ରହିଥିବା ଲୋକଶକ୍ତି ସହିତ ସମନ୍ୱିତ କରିଛି। ଏହା ଏକ ଅନନ୍ୟ ସାଂସ୍କୃତିକ ସଂପ୍ରୀତି ସୃଷ୍ଟି କରିପାରିଛି ଯାହା କମ୍ପାନୀ ଭିତରେ ନୂତନ ଉଦ୍ଭାବନ ଏବଂ ସୃଜନଶୀଳତା ସଂସ୍କୃତିକୁ ପ୍ରୋତ୍ସାହିତ କରୁଛି। ଇଣ୍ଡିଆ ପାୱାର ତାହାର ଘରୋଇ, ବାଣିଜ୍ୟିକ ଏବଂ ଶିଳ୍ପ ଉପଭୋକ୍ତାଙ୍କୁ ଉନ୍ନତତର ସେବା ସୁଲଭ ମୂଲ୍ୟରେ ଯୋଗାଇବା ସକାଶେ ନେଟୱର୍କ ଓ ଆବଠକ୍ଷସ୍ପ;ନ ଭିତ୍ତିଭୂମିକୁ ଉନ୍ନତ କରିବାକୁ ୫୦୦ କୋଟି ଟଙ୍କାରୁ ଅଧିକ ନିବେଶ କରିଛି। ନୂତନ ଭୌଗୋଳିକ ଅଞ୍ଚଳରେ ନିଜର କାର୍ଯ୍ୟକ୍ରମକୁ ସମ୍ପ୍ରସାରିତ କରିବା ପାଇଁ ସାନି ପୁଞ୍ଜିନିବେଶ କରିବାକୁ କମ୍ପାନୀ ପ୍ରତିଶ୍ରୁତିବଦ୍ଧ ଏବଂ ଉପଭୋକ୍ତା ଯେଉଁଳି ଭୋଲ୍‌ଟେଜରେ ହ୍ରାସବୃଦ୍ଧି, ଶକ୍ତି ବିଭ୍ରାଟ, ଶକ୍ତି ଯୋଗାଣରେ ବିଫଳତା ଏବଂ ଲୋଡ ସେଡିଂ ଆଦି କାରଣରୁ ପ୍ରଭାବିତ ନୁହଅନ୍ତି ତାହା ନିଶ୍ଚିତ କରିବାକୁ ବହୁ ରାଜ୍ୟ ସରକାରଙ୍କ ସହିତ ନିବିଡ ଭାବରେ ମିଶି କାର୍ଯ୍ୟ କରୁଛି। ମଧ୍ୟପ୍ରଦେଶ ସରକାର ଇଣ୍ଡିଆ ପାୱାରର ସହଯୋଗୀ କମ୍ପାନୀ ଏମ୍‌ପି ସ୍ମାର୍ଟଗ୍ରୀଡ ପ୍ରାଇଭେଟ ଲିମିଟେଡକୁ ନିକଟରେ ଏକ ପ୍ରଥମ ଧରଣର ପ୍ରକଳ୍ପ ପ୍ରଦାନ କରିଛନ୍ତି। କମ୍ପାନୀ ଉଜ୍ଜୟିନ, ରତ୍‌ଲାମ, ଦେୱାସ, ଖାରଗୋନ୍ ଏବଂ ମାଉ ଆଦି ସ୍ଥାନରେ ୩୫୦,୦୦୦ ସ୍ମାର୍ଟ ମିଟର ସ୍ଥାପନ କାର୍ଯ୍ୟ ଆରମ୍ଭ କରିଛି। ଉପଭୋକ୍ତାଙ୍କ ଘରେ ସ୍ମାର୍ଟ ମିଟର ସ୍ଥାପନ ସହିତ ଏହି ପ୍ରକଳ୍ପରେ ଏକ ପାୱାର ନେଟୱର୍କ ପାଇଁ ଭିତ୍ତିଭୂମି ସ୍ଥାପନ ଏବଂ ପାଞ୍ଚବର୍ଷ ପର୍ଯ୍ୟନ୍ତ ତାହାର ପରିଚାଳନା ଓ ରକ୍ଷଣାବେକ୍ଷଣ (ଓ ଆଣ୍ଡ ଏମ୍) ମଧ୍ୟ ଅନ୍ତର୍ଭୁକ୍ତ। ସରକାରୀ ଓ ଘରୋଇ କ୍ଷେତ୍ରର ସମ୍ମିଳିତ ସାମର୍ଥ୍ୟକୁ ସାକାର ରୂପ ଦେବାନେଇ କମ୍ପାନୀର ସାମର୍ଥ୍ୟ ସମ୍ପର୍କରେ ପ୍ରକାଶକରି ଇଣ୍ଡିଆ ପାୱାରର ପରିଚାଳନା ନିର୍ଦ୍ଦେଶକ ଶ୍ରୀ ରାଘବ ରାଜ କନୋରିଆ କହିଛନ୍ତି, "ଇଣ୍ଡିଆ ପାୱାରରେ ଆମେ ଦୁଇଟି କ୍ଷେତ୍ରର ସର୍ବୋତ୍ତମକୁ ସମ୍ମିଶ୍ରଣ କରିବାରେ ସମର୍ଥ ହୋଇଛୁ। ଉପଭୋକ୍ତା ସନ୍ତୁଷ୍ଟିକୁ ଆଗେଇନେବାରେ ଘରୋଇ କ୍ଷେତ୍ରର ଉଲ୍ଲେଖନୀୟ ସାମର୍ଥ୍ୟ ହେଉ କିମ୍ବା କର୍ମଚାରୀ କଲ୍ୟାଣ ନିମନ୍ତେ ସରକାରୀ କାର୍ଯ୍ୟ ସଂସ୍କୃତି- ଇଣ୍ଡିଆ ପାୱାର ସବୁ କ୍ଷେତ୍ରରେ ସଫଳ ହୋଇଛି। ଆମେ ଡିପିଏସ୍‌ସିର ସମସ୍ତ କର୍ମଚାରୀଙ୍କୁ ବଜାୟ ରଖିଛୁ, ସେମାନଙ୍କୁ ପୁନଃ ତାଲିମ ପ୍ରଦାନ ସହିତ ସଶକ୍ତ କରିଛୁ, ଆଡଭାନ୍‌ସଡ ମିଟରିଂ

ଇନଫ୍ରାଷ୍ଟ୍ରକଚର (ଏଏମ୍‌ଆଇ), ଏସ୍‌ସିଏଡିଏ ଏବଂ ଇଠକ୍ଷସ୍ପ;ରନେଟ ଅଫ୍ ଥିଙ୍ଗ୍‌ସ (ଆଇଓଟି) ଭଳି ଆଧୁନିକ ପ୍ରଯୁକ୍ତିକୌଶଳରେ ପୁଞ୍ଜିନିବେଶ କରିବା ସହିତ ଆମର ସମସ୍ତ ଅଂଶୀଦାରଙ୍କ ପାଇଁ ଏକ ଲାଭଜନକ ପରିବେଶ ସୃଷ୍ଟି କରିଛୁ।" ଇଣ୍ଡିଆ ପାୱାର୍‌ର ପୂର୍ଣ୍ଣକାଳୀନ ନିର୍ଦ୍ଦେଶକ ତଥା ଶକ୍ତି ଶିଳ୍ପର ଜଣେ ପ୍ରବୀଣ ବ୍ୟକ୍ତି ଶ୍ରୀ ସୋମେଶ ଦାସଗୁପ୍ତା କହିଛନ୍ତି, "ଡିପିଏସ୍‌ସି ଏହାର ଲାଇସେନ୍ସ ଅଧୀନ ଅଞ୍ଚଳରେ ଥିବା ଗୁରୁତ୍ୱପୂର୍ଣ୍ଣ ଖଣି କ୍ଷେତ୍ରଗୁଡିକୁ ଏକାଗ୍ରତା, ଉତ୍ସର୍ଗୀକୃତ ଭାବ ଏବଂ ଶୃଙ୍ଖଳିତ ଭାବେ ଶକ୍ତି ଯୋଗାଇ ଦେଉଛି। ଅଧିଗ୍ରହଣ ପରବର୍ତ୍ତୀ ସମୟରେ ଇଣ୍ଡିଆ ପାୱାର ସୁଲଭତା ସହିତ ମାନକୁ ସଂଯୁକ୍ତ କରିଛି ଏବଂ ଉପଭୋକ୍ତାଙ୍କ ପାଇଁ ସେମାନଙ୍କ ଅର୍ଥର ଉପଯୁକ୍ତ ମୂଲ୍ୟ ପ୍ରଦାନ ସ୍ଥିତିରେ ପୁନଃ ଉନ୍ନତି ଆଣିଛି। ସରକାରୀ କ୍ଷେତ୍ର ସେବା ଯୋଗାଣରେ ଘରୋଇ କ୍ଷେତ୍ରର ଅଭିଜ୍ଞତାକୁ ସମ୍ମିଶ୍ରିତ କରିବାରେ କମ୍ପାନୀ ଏକ ମାନଦଣ୍ଡ ସ୍ଥାପନ କରିଛି ଏବଂ ସମଗ୍ର ଭାରତରେ ରାଜ୍ୟ ସରକାରମାନଙ୍କ ଦ୍ୱାରା ଏକ ପସନ୍ଦଯୋଗ୍ୟ ସହଭାଗି ଭାବରେ ବିବେଚିତ ହେଉଛି।

## ରାସ୍ତା କଡରେ ମଇଳା ଆବର୍ଜନା ପଡିବାରୁ ରାସ୍ତା ଅବରୋଧ

କେନ୍ଦୁଝର,(ପି.ଏନ): ପଣ୍ଡାପଡା ଥାନା ଅନ୍ତର୍ଗତ ନରଣପୁର-ଡୁବୁରି ରାସ୍ତାର ଉକୁଚାବେଡା ନିକଟରେ କେନ୍ଦୁଝର ସହରରୁ ବାହାରୁଥିବା ମଇଳା ଆବର୍ଜନା ଫୋପଡା ଯାଉଥିବା ପ୍ରତିବାଦରେ ଆଜି ସ୍ଥାନୀୟ ଲୋକମାନେ ପ୍ରତିବାଦ କରି ରାସ୍ତା ଅବରୋଧ କରିଥିଲେ। ଏହି ରାସ୍ତା ରୋକ ଦିନ ୧୨ ଟାରୁ ୧୨ ଟା ୩୦ ପର୍ଯ୍ୟନ୍ତ ହୋଇଥିଲା। ଫଳରେ ଉକ୍ତ ରାସ୍ତାରେ ଗାଡି ଚଳାଚଳ ଏବଂ ଯାତାୟତ ବାଧାପ୍ରାପ୍ତ ହୋଇଥିଲା। ପଣ୍ଡାପଡା ପୋଲିସ ଘଟଣାସ୍ଥଳକୁ ଯାଇ ବୁଝାସୁଝା କରିବା ପରେ ରାସ୍ତା ଅବରୋଧ ଉଠିଥିଲା। ପ୍ରକାଶ ଯେ, କେନ୍ଦୁଝର ସହର ର ଦୋକାନ ବଜାର ଏବଂ ହୋଟେଲ ରୁ ବାହାରୁଥିବା ଦୈନିକ ୧୫ ଟ୍ରିପ ରୁ ଉର୍ଦ୍ଧ ମଇଳା ଆବର୍ଜନା ବାହାରୁଥିଲେ ହେଁ ସେସବୁର ପରିଚାଳନା ପାଇଁ କୌଣସି ଡମ୍ପିଂ ୟାର୍ଡ ନଥିବାରୁ ଏଣେ ତେଣେ ପକାଯାଇଥାଏ।




# ମିଳିବ ଆବର୍ଜନାରୁ ମୁକ୍ତି !



ବିଶ୍ୱ ପାଇଁ ସବୁଠୁ ବଡ଼ ଚିନ୍ତାର କାରଣ ହେଉଛି ପରିବେଶ ପ୍ରଦୂଷଣ। ଏହାକୁ ନେଇ ଅନେକ ନୀତି ପ୍ରଣୟନ ହେଉଛି। ବିଶ୍ୱ ନେତାମାନେ ଆପୋଷ ଆଲୋଚନା ଜାରି ରଖିଛନ୍ତି। ହେଲେ ନୀତିର କାର୍ଯ୍ୟକାରିତାର ସୁଫଳ ଦେଖିବାକୁ ମିଳୁନାହିଁ। ପ୍ରତିଟି ଦେଶ କେବଳ ନିଜ ସ୍ୱାର୍ଥ ପାଇଁ ପଦକ୍ଷେପ ନେଉଥିଲା ବେଳେ ଏହା ଯେ, ବଡ଼ ସଂକଟକୁ ଦୂର କରିବ ତାହା ଭାବିବା ଭୁଲ। ପ୍ରତିଟି ଦେଶ ଯେ ପର୍ଯ୍ୟନ୍ତ ଏହି ସମସ୍ୟାକୁ ହୃଦ୍‌ବୋଧ କରିନାହାଁନ୍ତି ସେ ପର୍ଯ୍ୟନ୍ତ ପରିବେଶ ପ୍ରଦୂଷଣକୁ ରୋକାଯାଇପାରିବ ନାହିଁ। ଏହି କ୍ରମରେ ଭାରତ ସରକାର ବିକଳ୍ପ ଇନ୍ଧନ ଉପରେ ଗୁରୁତ୍ୱ ଦେବା ଆରମ୍ଭ କରିଛନ୍ତି। ଆଉ ଏକ ବଡ଼ ପଦକ୍ଷେପ ସ୍ୱରୂପ ରାସ୍ତାରୁ ପୁରୁଣା ଗାଡ଼ି ହଟାଇବାର ନିଆଯାଇଛି ନିଷ୍ପତ୍ତି। କେନ୍ଦ୍ରମନ୍ତ୍ରୀ ନୀତୀନ ଗଡକରୀ ପୁଣି ଥରେ ଦୋହରାଇଛନ୍ତି ଯେ, ସରକାରୀ କାର୍ଯ୍ୟରେ ବ୍ୟବହାର ହେଉଥିବା ପୁରୁଣା ଗାଡ଼ିକୁ କବାଡ଼ିକୁ ଦିଆଯିବ। ଅର୍ଥାତ୍ ୧୫ ବର୍ଷର ପୁରୁଣା ଗାଡ଼ି ବ୍ୟବହାର ହୋଇପାରିବ ନାହିଁ। ସେହିପରି ରାସ୍ତାରେ ମଧ୍ୟ ୧୦ ବର୍ଷର ପୁରୁଣା ବ୍ୟାବସାୟିକ ଯାନ, ୧୫ ବର୍ଷର ପୁରୁଣା ଘରୋଇ ପାସେଞ୍ଜର ଯାନ ଗଡ଼ିବ ନାହିଁ। ଯଦି ଏହା ଗଡ଼ିବ ତେବେ ମାଲିକମାନଙ୍କୁ ଦେବାକୁ ହେବ ଫିଟନେସ ପରୀକ୍ଷା। ଏହା ବାଧ୍ୟତାମୂଳକ। ପରୀକ୍ଷାରେ ଫେଲ ହେଲେ ଯିବ କବାଡି ଥାନାକୁ। ସେହିପରି ଲୁଚାଚୋରାରେ ପୁରୁଣା ଗାଡ଼ି ଚଳାଇଲେ ଧରାପଡ଼ିଲେ ଦେବାକୁ ହେବ ଜରିମାନା। ସରକାରଙ୍କ ଏହି ନିଷ୍ପତ୍ତି ସ୍ୱାଗତଯୋଗ୍ୟ। ଏବେ ଇଲେକ୍ଟ୍ରିକ ଯାନ ଉପରେ ସରକାର ଏଥିପାଇଁ ଗୁରୁତ୍ୱ ଦେଉଛନ୍ତି। କାରଣ ଏହାଦ୍ୱାରା ବାୟୁ ପ୍ରଦୂଷଣର ସମ୍ଭାବନା ନାହିଁ। ସେହିପରି ଇଥାନଲ ମିଶ୍ରିତ ଇନ୍ଧନ ଉପରେ ଜୋର ଦିଆଯାଉଛି। ଯାହାଦ୍ୱାରା ଗାଡ଼ିରୁ ବାହାରୁଥିବା ଧୂଆଁ ପରିବେଶକୁ ଅଧିକ କ୍ଷତି ପହଞ୍ଚାଇବ ନାହିଁ। ବର୍ତ୍ତମାନ ଯେଉଁସବୁ ପୁରୁଣା ଗାଡ଼ି ଚାଲୁଛି ତାହା ପରିବେଶ ପାଇଁ



କ୍ଷତିକାରକ। ତେଣୁ ଏହାକୁ ସ୍କ୍ରାପ କରିବା ପାଇଁ ନିଷ୍ପତ୍ତି ନିଆଯାଇଛି। ତେବେ ନିଜର ପୁରୁଣା ଗାଡ଼ିକୁ ହରାଉଥିବା ବ୍ୟକ୍ତିଙ୍କ ପାଇଁ ମଧ୍ୟ ନୂଆ ନୀତିରେ ଦିଆଯାଇଛି ସୁବିଧା। ଗାଡ଼ିର ସ୍କ୍ରାପ ମୂଲ୍ୟ ବାବଦରେ ବ୍ୟକ୍ତିବିଶେଷଙ୍କୁ ନୂଆ ଗାଡ଼ି ସମୟରେ ରୋଡ ଟ୍ୟାକ୍ସରୁ ମଧ୍ୟ ରିହାତି ଦିଆଯିବ। କିଛି ରାଜ୍ୟ ସରକାର ଏ ଦିଗରେ ପଦକ୍ଷେପ ନେବା ମଧ୍ୟ ଆରମ୍ଭ କଲେଣି। ପୁରୁଣା ଗାଡ଼ିକୁ ରାସ୍ତାରୁ ହଟାଇବା ପାଇଁ ପ୍ରୋତ୍ସାହନର ଘୋଷଣା ମଧ୍ୟ ଦିଆଗଲାଣି। ପୁରୁଣା ଗାଡ଼ି ହଟିବା ନିଷ୍ପତ୍ତି ନିଆଯାଇଥିବାରୁ ଏବେ ଗାଡ଼ି ନିର୍ମାତାମାନେ ମଧ୍ୟ ବାଧ୍ୟରେ ପରିବେଶ ଅନୁକୂଳ ଗାଡ଼ି ତିଆରି ଉପରେ ଅଧିକ ଗୁରୁତ୍ୱ ଦେବେ। ଦେଶର ସ୍ୱାର୍ଥ ଓ ବଦଳୁଥିବା ପରିବେଶକୁ ଦୃଷ୍ଟିରେ ରଖି ସରକାର ପଦକ୍ଷେପ ନେବା ଯେତିକି ଦରକାର ତା'ଠାରୁ ଅଧିକ ଦାୟିତ୍ୱ ହେଉଛି ସାଧାରଣ ଲୋକଙ୍କର। ପୁରୁଣା ଗାଡ଼ି ପ୍ରଚଳନ ଅର୍ଥନୀତି ପାଇଁ ମଧ୍ୟ ବୋଝ। ତେଣୁ ସରକାରଙ୍କୁ ଏହି ସ୍କ୍ରାପ ପଲିସକୁ ଆହୁରି ବ୍ୟାପକ ଓ ବିସ୍ତୃତ କରିବା ଦରକାର। ଏଥିସହ ସ୍କ୍ରାପ ଉଦ୍ୟୋଗମାନଙ୍କୁ ମଧ୍ୟ ପ୍ରୋତ୍ସାହନ ଦେବା ଆବଶ୍ୟକ। ସେହିପରି ଲୋକେ ମଧ୍ୟ ବୁଝିବା ଦରକାର ଯେ, ସରକାର ଜବରଦସ୍ତି ସେମାନଙ୍କ କଷ୍ଟ ଉପାର୍ଜିତ ଅର୍ଥରେ କିଣିଥିବା ଗାଡ଼ିକୁ ହଟାଉନାହାଁନ୍ତି। ଏହା ଦେଶର ସ୍ୱାର୍ଥ ପାଇଁ ଏବଂ ସମସ୍ତଙ୍କ ସ୍ୱାସ୍ଥ୍ୟ ପାଇଁ।

**ବାଦଲ ଭୂୟାଁ**, ପ୍ରତିଷ୍ଠାତା ସମ୍ପାଦକ 'ସିଂହଭୂମ', ୪ଜି ପ୍ରତାପ ଆପାର୍ଟମେଣ୍ଟ, ୭ ଏକ୍ସଟେନସନ ରୋଡ୍, ପୁରୁଣା ସୋନାରୀ, ଜାମସେଦପୁର, ଦୂରଭାଷ : ୭୪୮୮୯୯୮୫୩୨/୯୨୦୪୬୫୨୦୬୫, E-mail : badal009bhuyan@gmail.com

## ଗାନ୍ଧୀବାଦୀ ଗୋଲକ ଦାସଙ୍କ ବିୟୋଗ



କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ବ୍ଲକ ଅନ୍ତର୍ଗତ ଧୂମାତ ଗ୍ରାମର ପ୍ରଖ୍ୟାତ ଗାନ୍ଧୀବାଦୀ, ଭୂଦାନ ଆନ୍ଦୋଳନର ପୁରୋଧା ତଥା ବିନୋବା ଭାବେଙ୍କ ସହଯୋଗୀ ଗୋଲକ ଦାସଙ୍କର ୮୯ ବର୍ଷ ବୟସରେ ଗତ ମଙ୍ଗଳବାର ଦିନ ପରଲୋକ ହୋଇଯାଇଛି । ତାଙ୍କ ବିୟୋଗରେ ସାରା କେନ୍ଦ୍ରାପଡା ଜିଲ୍ଲାରେ ଗଭୀର ଶୋକର ଛାୟା ଖେଳିଯାଇଛି । ତାଙ୍କ ବିୟୋଗ ଖବରପାଇ ବହୁ ବିଶିଷ୍ଟ ବ୍ୟକ୍ତି ତାଙ୍କ ଧୂମାତ ଗ୍ରାମସ୍ଥିତ ବାସଭବନରେ ପହଞ୍ଚି ଶେଷ ଦର୍ଶନ କରିବା ସହ ଶ୍ରଦ୍ଧା ସୁମନ ଅର୍ପଣ କରିଥିଲେ । ଗ୍ରାମ୍ୟ ଶ୍ମଶାନରେ ତାଙ୍କ ଶେଷକୃତ୍ୟ ସମ୍ପନ୍ନ କରାଯାଇଛି। ସେ ଭାରତ ସ୍ୱାଧୀନତା ପରେ ମଧୁବାବୁଙ୍କ ଗ୍ରାମ ସତ୍ୟଭାମାପୁର ଗ୍ରାମରେ ଥିବା କସ୍ତୁରବା ବାଳାଶ୍ରମର ତତ୍ୱାବଧାନରେ ଥିଲେ। ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ଗୋପବନ୍ଧୁ ଚୌଧୁରୀଙ୍କ ସହ ମିଶି ଓଡିଶାର ବିଭିନ୍ନ ସ୍ଥାନରେ ସର୍ବୋଦୟ କର୍ମୀ ଭାବେ କାର୍ଯ୍ୟ କରୁଥିଲେ। ସ୍ୱର୍ଗତଃ ଦାସଙ୍କ ବିୟୋଗରେ ସମବାୟ ମନ୍ତ୍ରୀ ଅତନୁ ସବ୍ୟସାଚୀ ନାୟକ, କେନ୍ଦ୍ରାପଡା ବିଧାୟକ ଶଶିଭୂଷଣ ବେହେରା, ପୂର୍ବତନ ବିଧାୟକ କିଶୋର ଚନ୍ଦ୍ର ତରାଇ, ଡଃ. ସିପ୍ରା ମଲିକ, ଜିଲ୍ଲା ପରିଷଦ ସଭାପତି ଗୀତାଞ୍ଜଳି ସେଠୀ, ବ୍ଲକ ଅଧ୍ୟକ୍ଷା ରଶ୍ମୀତା ସେଠୀ, ପୂର୍ବତନ ରାଜ୍ୟ ବିଜେଡି ଯୁଗ୍ମ ସମ୍ପାଦକ ରାଜେଶ ପଣ୍ଡା, ପୂର୍ବତନ ଜିଲ୍ଲା ପରିଷଦ ସଭାପତି ମାନସ କୁମାର ପରିଡା, ଦୁଷ୍ମନ୍ତ ମଲିକ, ଜିଲ୍ଲା ପରିଷଦ ସଭ୍ୟା ଲିଳିତା ଦାସ, ବ୍ଲକ ବିଜେଡି ସଭାପତି ଆଲୋକ ସାହୁ ପ୍ରମୁଖ ଶୋକବ୍ୟକ୍ତ କରିଛନ୍ତି।

# ଶିକ୍ଷକ ଆନ୍ଦୋଳନ ସ୍ଥଗିତ, ସମସ୍ୟାର ସମାଧାନ ହେବ ତ ?



ତିନି ଦଫା ଦାବି ନେଇ ଭୁବନେଶ୍ୱରରେ ଚାରି ଦିନ ହେଲା ଚାଲିଥିବା ପ୍ରାଥମିକ ଶିକ୍ଷକଙ୍କ ଆନ୍ଦୋଳନ ସ୍ଥଗିତ ରଖାଯାଇଛି। ବୁଧବାର ରାଜ୍ୟ ସରକାରଙ୍କ ସହ ମିଳିତ ପ୍ରାଥମିକ ଶିକ୍ଷକ ମହାସଂଘର ଆଲୋଚନା ପରେ ଆନ୍ଦୋଳନକୁ ସ୍ଥଗିତ ରଖାଯାଇଛି। ଏନେଇ ମହାସଂଘର ସଭାପତି ମଣ୍ଡଳୀ ସଦସ୍ୟ ବ୍ରହ୍ମାନନ୍ଦ ମହାରଣା ସୂଚନା ଦେଇଛନ୍ତି। ସୂଚନା ଅନୁସାରେ ଡିସେମ୍ବର ୨୦ତାରିଖ ଯାଏ ପ୍ରାଥମିକ ଶିକ୍ଷକ ସଂଘ ଆନ୍ଦୋଳନକୁ ସ୍ଥଗିତ ରଖିଛି। ୧୬ରୁ ୨୦ ତାରିଖ ଭିତରେ ଦାବି ପୂରଣ ନ ହେଲେ ୨୧ ତାରିଖରୁ ପୁନର୍ବାର ଆନ୍ଦୋଳନକୁ ତ୍ରୀବତର କରାଯିବ। ଏଥିସହିତ ଶିକ୍ଷକମାନେ ସମୂହ ଛୁଟିରେ ଯିବେ ବୋଲି



କୁହାଯାଇଛି। ଉଲ୍ଲେଖଯୋଗ୍ୟ ଯେ, ପ୍ରାଥମିକ ଶିକ୍ଷାରେ ଚୁକ୍ତିଭିତ୍ତିକ ନିଯୁକ୍ତି ଉଚ୍ଛେଦ ସହ ୨୦୦୧ରୁ ନିଯୁକ୍ତ ସମସ୍ତ ସ୍ୱେଚ୍ଛାସେବୀ ଶିକ୍ଷା ସହାୟକ, ଶିକ୍ଷାସହାୟକ ଓ କନିଷ୍ଠ ଶିକ୍ଷକଙ୍କ ମୂଳ ଚାକିରିକୁ ସରକାରୀ ସେବା ରୂପେ ଗଣନା କରି ୬ଟି ପଦୋନ୍ନତି ପ୍ରଦାନ, ସେହିପରି ସମସ୍ତ ପ୍ରାଥମିକ ଶିକ୍ଷକଙ୍କୁ ସପ୍ତମ ବେତନ ଅନୁଯାୟୀ କେନ୍ଦ୍ରୀୟ ହାରରେ ଦରମା ଏବଂ ୨୦୦୫ରୁ ନିଯୁକ୍ତ କର୍ମଚାରୀଙ୍କ ନୂତନ ପେନସନ୍ ବ୍ୟବସ୍ଥାକୁ ଉଚ୍ଛେଦ କରି ପୁରୁଣା ପେନସନ୍ ବ୍ୟବସ୍ଥାକୁ ପୁନଃ ପ୍ରଚଳନ କରିବା ଦାବି ନେଇ ଏହି ଆନ୍ଦୋଳନ ଆରମ୍ଭ ହୋଇଥିଲା। ଇତିମଧ୍ୟରେ ଦୁଇ ଥର ଆଲୋଚନା ହୋଇ ଦୁଇ ଥର ବିଫଳ ହେବା ପରେ ବୁଧବାର ଆନ୍ଦୋଳନରତ ଶିକ୍ଷକଙ୍କ ସହ ସରକାରଙ୍କ ବୈଠକ ଅନୁଷ୍ଠିତ ହୋଇଥିଲା। ନିଷ୍ପତ୍ତି ଅନୁସାରେ ମୁଖ୍ୟ ଶାସନ ସଚିବ ସୁରେଶ ଚନ୍ଦ୍ର ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଏକ କମିଟି ଗଠନ କରାଯିବ। ଏଥିରେ ଉନ୍ନୟନ କମିଶନର, ଅର୍ଥ ବିଭାଗ ସଚିବ ଏବଂ ଗଣଶିକ୍ଷା ବିଭାଗ ସଚିବ ରହିବେ। ଏହି କମିଟି ଆସନ୍ତା ଡିସେମ୍ବର ୧୬ରୁ ୨୦ ତାରିଖ ମଧ୍ୟରେ ଶିକ୍ଷକ ଦାବି ନେଇ ଆଲୋଚନା କରିବେ ଓ ନିଷ୍ପତ୍ତି ନେବେ। ଏହି ଆଶାରେ ବିଶ୍ୱାସ ନେଇ ଶିକ୍ଷକମାନେ ଆନ୍ଦୋଳନରୁ ଓହରି ଯାଇଛନ୍ତି। ଏହା ଏକ ସ୍ୱାଗତଯୋଗ୍ୟ ନିଷ୍ପତ୍ତି। ଛାତ୍ରଛାତ୍ରୀଙ୍କ ହିତଦୃଷ୍ଟିରୁ ପ୍ରାଥମିକ ଶିକ୍ଷକ ମହାସଂଘ ଏଭଳି ନିଷ୍ପତ୍ତି ନେଇଛି। ସରକାର ମଧ୍ୟ ଏ ଦିଗରେ ସକାରାତ୍ମକ ପଦକ୍ଷେପ ନେବା ଆବଶ୍ୟକ।

ମହାନ୍ ଦାର୍ଶନିକ ଭୋଲଟାୟାରଙ୍କ ମତରେ ଶିକ୍ଷାରୁ ଆସେ ଚେତନା, ଚେତନାରୁ ସୃଷ୍ଟିହୁଏ ବିପ୍ଲବ ଏବଂ ବିପ୍ଲବ ଆଣିଥାଏ ପରିବର୍ତ୍ତନ। ପ୍ରତ୍ୟେକ ଦେଶର ଉନ୍ନତି ପଛରେ ସୁଦୃଢ଼ ଶିକ୍ଷାବ୍ୟବସ୍ଥା ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥାଏ। ଅନ୍ୟଅର୍ଥରେ କହିଲେ ଯେଉଁ ଦେଶ ଯେତେ ଶିକ୍ଷିତ, ସେହି ଦେଶ ସେତେ ଉନ୍ନତ। ଯେତେ ଯାହା ଯୋଜନା କଲେ ବି ନିରକ୍ଷରତା ଦୂର ନ ହେଲେ କୌଣସି ଦେଶର ଉନ୍ନତି ଆଶାନୁରୂପ ହୋଇପାରିବନାହିଁ । ଏକ ଲୋକପ୍ରିୟ କାହାଣୀ କୁହେ-"ଯଦି ତୁମେ ଆଗାମୀ ଏକବର୍ଷ ପାଇଁ ଯୋଜନା କରୁଛ, ତାହାହେଲେ ଜମିରେ କିଛି ମଞ୍ଜି ବୁଣିଦିଅ, ଯଦି ୧୦ ବର୍ଷ ବା ତା' ଠାରୁ ଉର୍ଦ୍ଧ୍ୱ ସମୟ ପାଇଁ ଯୋଜନା କରୁଛ, ତା'ହେଲେ ଜମିରେ କିଛି ଗଛ ଲଗାଇଦିଅ, ଆଉ ଯଦି ୧୦୦ ବର୍ଷ ପାଇଁ ଯୋଜନା କରୁଛ, ତାହାହେଲେ ସମସ୍ତଙ୍କୁ ଶିକ୍ଷିତ କରାଇଦିଅ।" ଶିକ୍ଷା ବ୍ୟବସ୍ଥାର ପ୍ରାଣକେନ୍ଦ୍ର ହେଉଛି ପ୍ରାଥମିକ ବିଦ୍ୟାଳୟ। କିନ୍ତୁ ରାଜ୍ୟରେ ପ୍ରାଥମିକ ଶିକ୍ଷା ସ୍ଥିତି ଅତି ଦୟନୀୟ । ସେହିପରି ଶିକ୍ଷକଙ୍କ ଅବସ୍ଥା ମଧ୍ୟ ତଦ୍ରୂପ। ଜଣାପଡ଼ିଛି ଯେ ରାଜ୍ୟରେ ବିଭିନ୍ନ ବିଦ୍ୟାଳୟରେ ୫୦ ହଜାରରୁ ଅଧିକ ଶିକ୍ଷକ ପଦ ଖାଲି ପଡ଼ିଛି। ଅସ୍ଥାୟୀ ଅତିଥି ଶିକ୍ଷକ ଚଳାଉଛନ୍ତି ବିଦ୍ୟାଳୟ। ଏପରିକି ରାଜ୍ୟ ସରକାରଙ୍କ ପରିଚାଳିତ ଆଦର୍ଶ ବିଦ୍ୟାଳୟଗୁଡ଼ିକରେ ମଧ୍ୟ ଶିକ୍ଷକ ପଦ ଖାଲି ପଡ଼ିଛି। ବିରୋଧୀ ଦଳଙ୍କ ପ୍ରଶ୍ନର ଉତ୍ତରରେ ସ୍ଥାୟୀ ନିଯୁକ୍ତି କେବେ ହେବ ବୋଲି ପ୍ରଶ୍ନରେ ମନ୍ତ୍ରୀ କହିଲେ ପର୍ଯ୍ୟାୟକ୍ରମେ ନିଯୁକ୍ତି ହେବ ବୋଲି ଉତ୍ତର ରଖିଥିଲେ। ସେହିପରି ଅସ୍ଥାୟୀ ନିଯୁକ୍ତି କେବେ ବନ୍ଦ ହେବ ବୋଲି ପ୍ରସଙ୍ଗରେ ମନ୍ତ୍ରୀ କହିଥିଲେ ଯେ ସ୍ଥାୟୀ ନିଯୁକ୍ତି ନ ହେବା ପର୍ଯ୍ୟନ୍ତ ଅତିଥି ଶିକ୍ଷକଙ୍କ ନିଯୁକ୍ତି ଦିଆଯାଉଛି। ସେହିପରି ରାଜ୍ୟ ସରକାର ୨୦୦୧ ମସିହାରେ ପ୍ରାଥମିକ ବିଦ୍ୟାଳୟରେ ବହୁଳ ଭାବରେ ଲାଗୁ କରିଥିବା ଠିକା ଶିକ୍ଷକ ନିର୍ଦ୍ଦେଶ ଯୁକ୍ତିକୁ ଅଣଦେଖା କରିଛନ୍ତି। ଅପରପକ୍ଷେ ୨୦୧୩ ମସିହାଠାରୁ ଠିକା ଶିକ୍ଷକ ନିଯୁକ୍ତିକୁ ଉଚ୍ଛେଦ କରିଛନ୍ତି। ଏହା ଏକ ବିଡ଼ମ୍ବନାର ବିଷୟ।

ସୂଚନାଯୋଗ୍ୟ ଯେ, ବେସରକାରୀ ଶିକ୍ଷାନୁଷ୍ଠାନଗୁଡିକୁ ସରକାର ବିଭିନ୍ନ ସମୟରେ ସରକାରୀ ଅନୁଦାନ ଦେଇଆସୁଛନ୍ତି । ଏ କ୍ଷେତ୍ରରେ ୧୯୬୯ ମସିହାର ପ୍ରଥମ ଶିକ୍ଷା ଆଇନ ଏକ ମାଇଲ୍‌ଖୁଣ୍ଟ ହୋଇ ରହିଆସିଛି । ଏହି ଆଇନ୍‌କୁ ଭିତ୍ତି କରି ପରବର୍ତ୍ତୀ ପର୍ଯ୍ୟାୟରେ ୧୯୭୨ ମସିହାରେ ସମାନ କାମକୁ ସମାନ ଦରମା ଆଇନ୍ ଓ ଏହାପରେ ୧୯୭୪ ମସିହାରେ ଶିକ୍ଷକ ଅଧ୍ୟାପକ ଓ କର୍ମଚାରୀମାନଙ୍କୁ ପ୍ରତ୍ୟକ୍ଷ ଅନୁଦାନ ଆଇନ ଅନୁସାରେ ପୂର୍ଣ୍ଣ ଅନୁଦାନ ଦେଇ ସେମାନଙ୍କୁ ପରିଚାଳନା କମିଟିର ସିଧାସଳଖ ହସ୍ତକ୍ଷେପ ଓ ଦୌରାତ୍ମ୍ୟରୁ ମୁକ୍ତ କରାଗଲା । ଏହି ସମୟରେ ଶିକ୍ଷକମାନେ ଭାବିଥିଲେ ଯେ ପ୍ରତ୍ୟକ୍ଷ ଅନୁଦାନ ବ୍ୟବସ୍ଥା ଏକ ଚିରସ୍ଥାୟୀ ନିୟମ। ମାତ୍ର ଏହାର ୩୦ ବର୍ଷ ପରେ ୨୦୦୪ ମସିହାରେ ଆର୍ଥିକ ସଂସ୍କାର ଆଳରେ ଓ ଡି.ଏଫ୍.ଆଇ.ଡି. ଓ ବିଶ୍ୱବ୍ୟାଙ୍କ ଚାପରେ ତତ୍କାଳୀନ ସରକାର ବିଧାନସଭାରେ ଆଇନ୍ ପ୍ରଣୟନ କରି ପୂର୍ବ ପ୍ରଚଳିତ ପ୍ରତ୍ୟକ୍ଷ ଅନୁଦାନ ବ୍ୟବସ୍ଥାକୁ ବାତିଲ କରି ଘୃଣ୍ୟ ବ୍ଲକ ଗ୍ରାଣ୍ଟ ବା ମୁଣ୍ଡାମୁଣ୍ଡି ଦରମା ଦେବାର ବ୍ୟବସ୍ଥା କଲେ । ଏହି ବ୍ୟବସ୍ଥା ବିରୁଦ୍ଧରେ ନିଖିଳ ଉତ୍କଳ ଶିକ୍ଷକ ମହାସଂଘ, କଲେଜ ଶିକ୍ଷକ ସଂଘ, ଓଡିଶା ମାଧ୍ୟମିକ ସ୍କୁଲ ଶିକ୍ଷକ ସଂଘ, ଓଡିଶା ନିମ୍ନ ମାଧ୍ୟମିକ ଶିକ୍ଷକ ସଂଘ ଏବଂ ପରବର୍ତ୍ତୀ ପର୍ଯ୍ୟାୟରେ ବିଭିନ୍ନ ଭାଗରେ ବିଭକ୍ତ ହୋଇଥିବା ବ୍ଲକ ଗ୍ରାଣ୍ଟ ଶିକ୍ଷକ ଓ କର୍ମଚାରୀ ସଂଘ, ଚୁକ୍ତିଭିତ୍ତିକ ଶିକ୍ଷକ ସଂଘ, ଶିକ୍ଷା ସହାୟକ ମହାସଂଘ, ୪୮୮ବର୍ଗ କଲେଜ ଶିକ୍ଷକ ସଂଘ, ୬୬୨ ବର୍ଗ ଶିକ୍ଷକ ସଂଘ ତରଫରୁ ବିଭିନ୍ନ ସମୟରେ ଓ ବିଶେଷ କରି ବିଧାନସଭା ଅଧିବେଶନ ସମୟରେ ଆନ୍ଦୋଳନ ଓ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ଏ ସବୁର ଫଳସ୍ୱରୂପ ୧୯୮୨ ବ୍ଲକ ଗ୍ରାଣ୍ଟ ହାଇସ୍କୁଲଗୁଡିକ ମଧ୍ୟରୁ ୧୦୮୫ ହାଇସ୍କୁଲକୁ ପେ, ଗ୍ରେଡ୍ ପେ ମିଳିଛି, ପୂର୍ବ ମୁଣ୍ଡାମୁଣ୍ଡି ବ୍ଲକଗ୍ରାଣ୍ଟ ବେତନ ବଦଳରେ ୪୮୮ ବର୍ଗର ଅଧ୍ୟାପକ ଓ କର୍ମଚାରୀଙ୍କୁ ପେ, ଗ୍ରେଡ୍ ପେ ସହ ୫ଟି ଇନ୍‌କ୍ରିମେଣ୍ଟ ଏବଂ ୬୬୨ ବର୍ଗର ଅଧ୍ୟାପକ ଓ କର୍ମଚାରୀମାନଙ୍କୁ ପେ, ଗ୍ରେଡ୍ ପେ ସହ ଗୋଟିଏ ଇନ୍‌କ୍ରିମେଣ୍ଟ ମିଳିଛି ।

ଏଠାରେ ପ୍ରଶ୍ନ ଉଠେ ଗୋଟିଏ ବୃତ୍ତିରେ ଥାଇ, ସମାନ କାମ କରି, ବେତନରେ ଶିକ୍ଷକ ଓ ଅଧ୍ୟାପକମାନଙ୍କ କ୍ଷେତ୍ରରେ ଏ ତାରତମ୍ୟ କାହିଁକି ? ଉଦାହରଣ ଦେଇ କୁହାଯାଇପାରେ ପ୍ରାଥମିକ ସ୍ତରରେ ଜଣେ ନିୟମିତ ଶିକ୍ଷକ ୧୪,୮୦୦ ଟଙ୍କା ବା ତଦୁର୍ଦ୍ଧ୍ୱ ଦରମା ପାଉଥିବା ବେଳେ ଜଣେ ଗଣଶିକ୍ଷକ ୩,୫୦୦ଟଙ୍କା, ଶିକ୍ଷା ସହାୟକ ୫,୨୦୦ଟଙ୍କା କନିଷ୍ଠ ଶିକ୍ଷକ ୭,୦୦୦ଟଙ୍କା, ହାଇସ୍କୁଲ ସ୍ତରରେ ଜଣେ ନିୟମିତ ଶିକ୍ଷକ ୨୫,୦୦୦ରୁ ଉର୍ଦ୍ଧ୍ୱ ଟଙ୍କା ଦରମା ପାଉଥିଲା ବେଳେ ଜଣେ ବ୍ଲକ ଗ୍ରାଣ୍ଟ ଶିକ୍ଷକ ୫,୬୦୦ ଟଙ୍କା, ଚୁକ୍ତିଭିତ୍ତିକ ଶିକ୍ଷକ ୯,୩୦୦ଟଙ୍କା, କଲେଜ ସ୍ତରରେ ଜଣେ ୟୁଜିସି ଅଧ୍ୟାପକ ୯୦,୦୦୦ରୁ ଉର୍ଦ୍ଧ୍ୱ ଟଙ୍କା ଦରମା ପାଉଥିବାବେଳେ ରାଜ୍ୟ ବେତନ ପାଉଥିବା ଅଧ୍ୟାପକ ୩୫ହଜାରରୁ ଉର୍ଦ୍ଧ୍ୱ ଟଙ୍କା, ୪୮୮ ବର୍ଗର ଅଧ୍ୟାପକ ୧୬,୩୨୦ ଟଙ୍କା ଓ ୬୬୨ ବର୍ଗର ଅଧ୍ୟାପକ ୧୪,୧୩୦ ଟଙ୍କା ପାଉଛନ୍ତି । ସେହିପରି ଶିକ୍ଷକମାନଙ୍କୁ ବିଭିନ୍ନ ପ୍ରକାରରେ ବିଭକ୍ତ କରାଯାଇଛି । ଏଠି କିଏ ପାରା ଶିକ୍ଷକ, ଗଣଶିକ୍ଷକ, ଶିକ୍ଷାସହାୟକ, ଚୁକ୍ତିଭିତ୍ତିକ ଶିକ୍ଷକ ତ କିଏ ବ୍ଲକଗ୍ରାଣ୍ଟ ଶିକ୍ଷକ। ସେହିପରି କଲେଜ ସ୍ତରରେ କିଏ ବ୍ଲକଗ୍ରାଣ୍ଟ ପାଉଥିବା ଅଧ୍ୟାପକ କର୍ମଚାରୀ ତ କିଏ ରାଜ୍ୟ ବେତନ ଆଉ ୟୁଜିସି ବେତନ ପାଉଥିବା ଅଧ୍ୟାପକ ଓ କର୍ମଚାରୀ । କାହିଁ ଅତୀତରେ ଶିକ୍ଷକମାନଙ୍କ ବେତନରେ ଏତେ ତାରତମ୍ୟ ନଥିଲା କି ଶିକ୍ଷକମାନଙ୍କୁ ଏପରି ଭାଗ ଭାଗ କରାଯାଇ ନ ଥିଲା ?

ସବୁଠୁ ବଡ ସମ୍ବେଦନଶୀଳ ପ୍ରସଙ୍ଗ ହେଲା ପୂର୍ବର ସେ ଶକ୍ତିଶାଳୀ ଶିକ୍ଷକ ସଂଗଠନ ଆଉ ନାହିଁ କି ସେପରି ଅଦମନୀୟ ନେତା ଆଉ ନାହାଁନ୍ତି । ନିଖିଳ ଉତ୍କଳ ଶିକ୍ଷକ ମହାସଂଘଠାରୁ ଆରମ୍ଭ କରି କଲେଜ ଶିକ୍ଷକ ସଂଘ, ଓଡିଶା ମାଧ୍ୟମିକ ସ୍କୁଲ ଶିକ୍ଷକ ସଂଘ, ଓଡିଶା ନିମ୍ନ ମାଧ୍ୟମିକ ଶିକ୍ଷକ ସଂଘ ଭଳି ମୂଳ ସଂଗଠନଗୁଡିକ ଆଜି ବହୁଧା ବିଭକ୍ତ । ଫଳରେ ବ୍ଲକ ଗ୍ରାଣ୍ଟ ଶିକ୍ଷକ ଓ କର୍ମଚାରୀ ସଂଘ, ଚୁକ୍ତିଭିତ୍ତିକ ଶିକ୍ଷକ ସଂଘ, ଶିକ୍ଷା ସହାୟକ ମହାସଂଘ, ନିଖିଳ ଉତ୍କଳ କଲେଜ ଶିକ୍ଷକ ଓ କର୍ମଚାରୀ ସଂଘ, ୪୮୮ ବର୍ଗ କଲେଜ ଶିକ୍ଷକ ସଂଘ, ୬୬୨ବର୍ଗ କଲେଜ ଶିକ୍ଷକ ସଂଘ, ୟୁଟିଆଇ ସଂଘ ଓ ଓଡିଶା ବିଦ୍ୟାଳୟ ପରି ଭଳିକି ଭଳି ଶିକ୍ଷକ ସଂଗଠନ ସୃଷ୍ଟି ହୋଇଛି । ଫଳରେ ସଂଗଠନଗୁଡିକର ମୂଳଚାଲ ଶକ୍ତି ହ୍ରାସ ପାଇଛି, ଯାହା ପରୋକ୍ଷରେ ସରକାରଙ୍କୁ ସୁବିଧାଜନକ ସ୍ଥିତିରେ ରଖିଛି । ଆନ୍ଦୋଳନ ସମୟରେ ସରକାର କୌଣସି ଗୋଟିଏ ଗୋଷ୍ଠୀକୁ କିଛି ଦେଇ ସନ୍ତୁଷ୍ଟ କରିବା ନୀତିକୁ ଆପଣେଇ ନେଉଥିବାବେଳେ ସଂଗଠନଗୁଡିକ ମଧ୍ୟ ବାଧ୍ୟବାଧ୍ୟକତାରେ ହେଉ ବା ଅବସ୍ଥା ଦେଖି ବ୍ୟବସ୍ଥା ପାଇଁ ହେଉ, "କାନ୍ଦୁଥା, ଯାହା ପାଉଛୁ ବାନ୍ଧୁଥା" ନ୍ୟାୟରେ ସରକାରଙ୍କ କଥାକୁ ବାଧ୍ୟ ଶିଶୁ ପରି ମାନି ନେଉଛନ୍ତି। ପରିଣାମ ସ୍ୱରୂପ ଶିକ୍ଷକ, ଅଧ୍ୟାପକ ଓ କର୍ମଚାରୀମାନେ ନିଜର ମନ୍ଦ ଭାଗ୍ୟକୁ ଆଦରି ଶିକ୍ଷାଦାନରେ ବ୍ରତୀ ରହିଛନ୍ତି । ପରିସ୍ଥିତି ଏପରି ହୋଇଛି ଯେ ରାଜ୍ୟ ସରକାରଙ୍କ ଜଣେ ଚତୁର୍ଥ ଶ୍ରେଣୀ କର୍ମଚାରୀ ଏହି ଶିକ୍ଷକ ଓ ଅଧ୍ୟାପକମାନଙ୍କଠାରୁ ଅଧିକ ଦରମା ପାଉଛନ୍ତି । ଅଥଚ ସର୍ବୋଚ୍ଚ ଡିଗ୍ରୀ ହାସଲ କରିଥିବା ଶିକ୍ଷକ ଓ ଅଧ୍ୟାପକ କେମିତି ଏକ ବ୍ୟତିକ୍ରମ ହୋଇରହିଛନ୍ତି ?

ନିକଟ ଅତୀତରେ ସରକାର ଯେଉଁ ଠିକା ନିଯୁକ୍ତିକୁ ଉଚ୍ଛେଦ କରିଛନ୍ତି ସେଥିରେ ହିତାଧିକାରୀଙ୍କ ସଂଖ୍ୟା ବହୁତ କମ୍। ଏଥିରେ ମାତ୍ର ୬୯ ହଜାର ଶିକ୍ଷକ ଓ କର୍ମଚାରୀ ଉପକୃତ ହେବେ। ଖାଲି ସେତିକି ନୁହେଁ ୨୦୦୪ ମସିହାଠାରୁ ଏପର୍ଯ୍ୟନ୍ତ ଯେତେଗୁଡିଏ ସଂଶୋଧିତ ଅନୁଦାନ ନୀତି ପ୍ରଣୟନ କରାଯାଇଛି, ସେଥିରେ କେଉଁଠି ଇନ୍‌କ୍ରିମେଣ୍ଟ ନାହିଁ ତ କେଉଁଠି ମହଙ୍ଗା ଭତ୍ତା ନାହିଁ । ପୁଣି କେଉଁଠି ଜି.ପି.ଏଫ୍. ନାହିଁ ତ କେଉଁଠି ଅବସରକାଳୀନ ସୁବିଧା-ସୁଯୋଗ ନାହିଁ । ଆଉ କେତେ ଦିନ ଶିକ୍ଷକ, ଅଧ୍ୟାପକ ଓ କର୍ମଚାରୀମାନେ ଏମିତି ହିନସ୍ତା ହେଉଥିବେ ? ଏବେ ବି ସମୟ ଅଛି। ରାଜ୍ୟ ସରକାର ଓ ଗଣଶିକ୍ଷା ବିଭାଗ ଶିକ୍ଷକମାନଙ୍କ ସମସ୍ୟାକୁ ଅଗ୍ରାଧିକାର ଭିତ୍ତିରେ ସମାଧାନ କରିବା ଜରୁରୀ ମନେହୁଏ। ଶିକ୍ଷକ, ଅଧ୍ୟାପକ ଓ କର୍ମଚାରୀମାନେ ଯଦି ସେମାନଙ୍କ ଦାବି ପୂରଣ ନେଇ ବାରମ୍ବାର ରାଜରାସ୍ତାକୁ ଆସିବେ, ତାହାହେଲେ ଶିକ୍ଷା ବ୍ୟବସ୍ଥା ଓ ଛାତ୍ରଛାତ୍ରୀଙ୍କ ଭବିଷ୍ୟତ କ୍ଷତିଗ୍ରସ୍ତ ହେବାର ଯଥେଷ୍ଟ ସମ୍ଭାବନା ରହିଛି। ଏକଥା ସମସ୍ତେ ହୃଦୟଙ୍ଗମ କରିବା ଉଚିତ୍। ଆମକୁ ମନେରଖିବାକୁ ହେବ ଯେ ଶିକ୍ଷା ହିଁ ପ୍ରଗତିର ମାପକାଠି ଓ ଶିକ୍ଷକମାନେ ହେଉଛନ୍ତି ଶିକ୍ଷା ବ୍ୟବସ୍ଥାର ମେରୁଦଣ୍ଡ।

**ହିମାଂଶୁଶେଖର ଆଚାର୍ଯ୍ୟ**, ଅବସରପ୍ରାପ୍ତ ଅଧ୍ୟାପକ, ଜଗତସିଂହପୁର, ମୋ-୯୯୩୭୧୫୧୦୫୨


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS/ASTROLOGERS/VASTU EXPERTS ?
Contact
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Phragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଚିକିତ୍ସାଧୀନ ହାତୀର ମୃତ୍ୟୁ



ଚମ୍ପୁଆ,(ପି.ଏନ): ଚମ୍ପୁଆ ରେଂଜ ଅନ୍ତର୍ଗତ ଚମକପୁର ଜଙ୍ଗଲରେ ଚିକିତ୍ସାଧୀନ ହାତୀର ମୃତ୍ୟୁ ହେଇଯାଇଥିବା ଜଣା ଯାଇଛି। ସୂଚନା ଅନୁସାରେ ଗତ ଅକ୍ଟୋବର ୨୬ ତାରିଖରେ ଏକ ଆହତ ହାତୀକୁ ଚମ୍ପୁଆ ବନ ବିଭାଗ ଚମକପୁର ଜଙ୍ଗଲରେ ଠାବ କରିଥିଲା। ହାତୀଟିର ଗୋଡରେ କ୍ଷତ ହୋଇଥିବା ଯୋଗୁଁ ହାତୀଟି ଠିକ୍ ଭାବରେ ଚଲାବୁଲା କରିପାରୁନଥିଲା। ଏନେଇ କେନ୍ଦୁଝର ଡି.ଏଫ.ଓ ଏଚ୍.ଡି ହନୁମାନ୍ତଙ୍କ ନିର୍ଦ୍ଦେଶ କ୍ରମେ ଚମ୍ପୁଆ ଭାରପ୍ରାପ୍ତ ରେଂଜର୍ ସୀବ୍ କୁମାର ରାଉତ୍ ହାତୀଟି ଉପରେ ନଜର ରଖିବା ସହିତ ପ୍ରାଣୀ ଚିକିତ୍ସାଙ୍କ ଦ୍ୱାରା ଚିକିତ୍ସା କରାଯାଉଥିଲା। ପ୍ରାୟ ଏକ ମାସ ୫ ଦିନ ପରେ ହାତୀଟି ମୃତ୍ୟୁବରଣ କରିଥିବା ଜଣା ପଡିଛି। ହାତୀ ମୃତ୍ୟୁ ଖବର ଜଣାପଡିବା ପରେ ବନ ବିଭାଗ ଘଟଣା ସ୍ଥଳରେ ପହଂଚି ମୃତ ହାତୀଟିର ପଂଚନାମା କରି ଉକ୍ତ ଜଙ୍ଗଲରେ ପୋତିଥରବା ଜଣାଯାଇଛି। ହାତୀଟିର ମୃତ୍ୟୁ ଖବର ପାଇ କେନ୍ଦୁଝର ଡି.ଏଫ.ଓ ସମେତ ରାଉଲକିଲା ଆର.ସି.ସିଏଫ. ଅରୁଣ କୁମାର ମିଶ୍ର ଘଟଣା ସ୍ଥଳରେ ପହଂଚି ପରିସ୍ଥିତି ଅନୁଧ୍ୟାନ କରିଥିଲେ।

# ନେଟ୍ୱାର୍କ ନଥିବାରୁ ଅଚଳ ଚମ୍ପୁଆ ଡାକ ବିଭାଗ

ଚମ୍ପୁଆ,(ପି.ଏନ): ଚମ୍ପୁଆ ଉପ ଡାକଘର ଏକ ପ୍ରକାର ଅଚଳ ହୋଇ ପଡିଥିବା ଦେଖିବାକୁ ମିଳିଛି। ଗ୍ରାହକ ମାନେ ଡାକଘରର ସେବା ପାଇବାକୁ ଯାଇ ନିରାଶରେ ଫେରିବା ପରେ ଅସନ୍ତୋଷ ବ୍ୟକ୍ତ କରିଛନ୍ତି। ଖବର ଅନୁସାରେ ଚମ୍ପୁଆ ଡାକଘରେ ଗ୍ରାହକଙ୍କୁ ତୁରନ୍ତ ସେବା ଯୋଗାଇ ଦେବା ନିମନ୍ତେ ବି.ଏସ.ଏନ.ଏଲ ଓ ଏୟାରଟେଲ୍ ନେଟୱାର୍କ ବ୍ୟବହାର କରାଯାଇଥିଲା। ମାତ୍ର ଗତ ନଭେମ୍ବର ୧୮ ତାରିଖରୁ ଉଭୟ ନେଟୱାର୍କ ଅଚଳ ହୋଇ ପଡିବାରୁ କାର୍ଯ୍ୟାଳୟର କାର୍ଯ୍ୟ ଏକ ପ୍ରକାର ଠପ ହୋଇପଡିଛି। ଏପରିକି ୨୪ ତାରିଖ ଦିନ ସାମାନ୍ୟ ଏୟାରଟେଲ୍ ନେଟୱାର୍କ ଆସିଥିଲେ ମଧ୍ୟ ୨ ଦିନ ହେବ କାମ କରୁନାହିଁ। ଫଳରେ ଆଧାରକାର୍ଡ, ମନି ଟ୍ରାନ୍ସଫର, ପାର୍ସଲ, ଟ୍ୟାକ୍ସ ଡିପଜିଟ୍ ସମେତ ଆଦି କାର୍ଯ୍ୟ ହୋଇପାରୁ ନଥିବାବେଳେ ଗ୍ରାହକଙ୍କ ମଧ୍ୟରେ ଅସନ୍ତୋଷ ବଢିବାରେ ଲାଗିଛି। ସୂଚନା ଯୋଗ୍ୟକି ଏହି ଡାକଘରେ ଦୈନିକ ୧୦୦ରୁ ଉର୍ଦ୍ଧ ଗ୍ରାହକ ସେବା ପାଇଁ ଆସୁଥିଲେ। ଏପରିକି ଏହି ଡାକଘର ଅଧିନରେ ୧୦ ଗୋଟି ଶାଖା ରହିଥିବା ବେଳେ ପୋଡଶୀ ଝାଡଖଣ୍ଡ ଓ ମୟୂରଭ ଅଂଚଳର ଗ୍ରାହକ ମାନେ ନିର୍ଭର କରି ଆସୁଥିଲେ। ଦୂରଦୂରାନ୍ତରୁ ଆସୁଥିବା ଗ୍ରାହକ ମାନେ ସେବା ପାଇବାରୁ ବଂଚିତ ହେବା ସହିତ ଆର୍ଥିକ ଦୁଃଖ ଭଗୁଥିବା ଜଣାଯାଇଛି। ଏହା ସହିତ ନେଟ୍‌କୁ ଅପେକ୍ଷା କରି ଗ୍ରାହକ ମାନେ ଘଂଟା ଘଂଟା ଧରି ଡାକଘରେ ଯୋଗି ରହୁଥିଲେ ମଧ୍ୟ କୌଣସି ସେବା ପାଇପାରୁ ନାହାନ୍ତି। ଏ ନେଇ ପୋଷ୍ଟ ମାଷ୍ଟର ଘାସିରାମ ସେଠୀଙ୍କୁ ପଚାରିବାରୁ କହିଛନ୍ତି ଯେ ନେଟୱାର୍କ ଅଭାବରୁ ଆମ୍ଭେ ଗ୍ରାହକଙ୍କୁ ସେବା ଯୋଗାଇବାରେ ବିଫଳ ହେଉଛୁ।

# ପୌଷ୍ୟ ସନ୍ତାନ ଗ୍ରହଣ ସଚେତନତା ରଥ ଗଡ଼ିଲା

ସୁବର୍ଣ୍ଣପୁର, (ପି.ଏନ): ଅନ୍ତର୍ଜାତୀୟ ପୌଷ୍ୟ ସନ୍ତାନ ଗ୍ରହଣ ସଚେତନତା ମାସ ନଭେମ୍ବର- ୨୦୨୨ ଅବସରରେ ଜ଼ିଲ୍ଲା ଶିଶୁ ସୁରକ୍ଷା ବିଭାଗ ଦ୍ୱାରା ଆୟୋଜିତ ଏକ ସଚେତନତା ରଥ ଜ଼ିଲ୍ଲା ଗ୍ରାମ୍ୟ ଉନ୍ନୟନ ସମ୍ମିଳନୀ କକ୍ଷ ପରିସର ଠାରୁ ଶୁଭାରମ୍ଭ ହୋଇଛି । ଏହି ଅବସରରେ ଆୟୋଜିତ କାର୍ଯ୍ୟକ୍ରମରେ ଜ଼ିଲ୍ଲା ଆରକ୍ଷୀ ଅଧିକ୍ଷକ ଅମରେଶ ପଣ୍ଡା, ମୁଖ୍ୟ ଅତିଥି ଭାବରେ ଯୋଗଦାନ କରି ସବୁଜ ପତାକା ପ୍ରଦର୍ଶନ ପୂର୍ବକ ଶୁଭାରମ୍ଭ କରିଥିଲେ ।ଏହି ସଚେତନତା ରଥ ଜିଲ୍ଲାର ପ୍ରତ୍ୟକ ବ୍ଲକ ତଥା ସମ୍ବେଦନଶୀଳ ପଂଚାୟତ ଗୁଡିକ ଯଥା ସୋନପୁର ବ୍ଲକର ଲଛିପୁର ପଂଚାୟତ, ବୀରମହାରାଜପୁର ବ୍ଲକର ମୁରଶୁଣ୍ଡୀ, ଉଲୁଣ୍ଡା ବ୍ଲକର କୋଟସମଲେଇ, ତରଭା ବ୍ଲକ ବ୍ରାହ୍ମିଣୀ , ବିନକା ବ୍ଲକ ର ମହାଦେବପାଲି, ଡୁଙ୍ଗୁରିପାଲି ବ୍ଲକର ଶୁଖା ପଂଚାୟତ ଆଦି ଅଂଚଳରେ ସଚେତନତା ର ବାର୍ତା ଯେମିତି ' ଶିଶୁ ପନ୍ୟ ଦ୍ରବ୍ୟ ନୁହେଁ , ଏହାକୁ କିଣାବିକା କରନ୍ତୁ ନାହିଁ, ଆଇନଗତ ପଦ୍ଧତି ରେ ଗ୍ରହଣ କରନ୍ତୁ । ଶିଶୁ ପରିବାର ଚାହେଁ, ତାକୁ ପର କରନାହିଁ । ଜ଼ିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଚତୁର୍ଭୁଜ ଦାଶ ଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆୟୋଜିତ ଏହି କାର୍ଯ୍ୟକ୍ରମ ରେ ଜ଼ିଲ୍ଲା ସମାଜ ମଙ୍ଗଳ ଅଧିକାରିଣୀ ରେଣୁବାଳା ଦାଶ , ଜ଼ିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଅଶ୍ୱିନୀ ଭୋଇ, ଜ଼ିଲ୍ଲା ଶ୍ରମ ଅଧିକାରୀ ଦିଲେଶ୍ୱର ଖାଖା , ଶିଶୁ ମଙ୍ଗଳ କମିଟି ସଦସ୍ୟ ରଂଜିତା ସାହୁ , ଜ଼ିଲ୍ଲା ସମାଜ ସୁରକ୍ଷା ଅଧିକାରୀ ଗୋବିନ୍ଦ ବଲ୍ଲବ ଷଡ଼ଙ୍ଗୀ, ସୋନପୁର ଥାନା ଅଧିକାରୀ କୃଷ୍ଣ ଚନ୍ଦ୍ର ମେହେର ଓ ବାଲ୍ୟ ବିବାହ ପରାମର୍ଶ ଦାତା ରାକେଶ ପ୍ରଧାନ। ପ୍ରମୁଖ ସମ୍ମାନିତ ଅତିଥି ଭାବରେ ଯୋଗ ଦେଇଥିଲେ । ଏହି କାର୍ଯ୍ୟକ୍ରମରେ ସଖି, ଚାଇଲଡ ଲାଇନ . ଶିଶୁ ଯତ୍ନ ଅନୁଷ୍ଠାନ ପୋଷ୍ୟ ସନ୍ତାନ ଗ୍ରହଣ କେନ୍ଦ୍ରର କର୍ମଚାରୀ, ଅଧିକାରୀ ଏବଂ ଉପସ୍ଥିତ ରହି ଉତ୍ସାହିତ କରିଥିଲେ । ଜ଼ିଲ୍ଲା ଶିଶୁ ସୁରକ୍ଷା ବିଭାଗର କର୍ମଚାରୀ ଥବିର କଲସେ, କେଶବଚନ୍ଦ୍ର ମେହେର, ସ୍ୱାଗତରାଜ ମିଶ୍ର, ବିଶ୍ୱେଶ୍ୱର ହୋତା, ରୁଦ୍ରପ୍ରସନ୍ନ ମିଶ୍ର, ପ୍ରଶାନ୍ତ ମହାକୁର ସରିତା ସୁନା, ସିଦ୍ଧାନ୍ତ ପ୍ରଧାନ ପ୍ରମୁଖ ସହଯୋଗ କରିଥିଲେ ।

# ୧୧ ଦଫା ଦାବିନେଇ କୃଷକମାନଙ୍କର ବିକ୍ଷୋଭ

କେନ୍ଦ୍ରାପଡ଼ା, (ପି.ଏନ): ଅଖିଳ ଭାରତ କୃଷକ ସଭା ଓ ରାମଚଣ୍ଡୀ କୃଷକ ସଭା ମିଳିତ ଆନୁକୂଲ୍ୟରେ କୃଷକମାନଙ୍କ ପକ୍ଷରୁ ବିକ୍ଷୋଭ ଓ ସଭା ଆୟୋଜନ କରାଯାଇଛି । ବୁଧବାର ଗୋପଛକ ଠାରୁ ଏକ ବିରାଟ ଶୋଭାଯାତ୍ରାରେ ବାହାରି ସହର ପରିକ୍ରମା କରି ଜିଲ୍ଲା କାର୍ଯ୍ୟାଳୟ ଆଗରେ ବିକ୍ଷୋଭ ପ୍ରଦର୍ଶନ କରିବା ସହ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ଦାବିପତ୍ର ପ୍ରଦାନ କରିଛନ୍ତି । ସଭାପତି ଆଦିକନ୍ଦ ରାଉଳଙ୍କ ସଭାପତିତ୍ୱରେ ଆୟୋଜିତ ସଭାରେ ସିପିଆଇର ରାଜ୍ୟ ସଂପାଦକ ଅଭୟ ସାହୁ, ଅଖିଳ ଭାରତ କୃଷକ ସଭାର ରାଜ୍ୟ ସଭାପତି ଶଶିଭୂଷଣ ସ୍ୱାଇଁ, ରାଜ୍ୟ ସଂପାଦକ କ୍ଷିରୋଦ ସିଂହଦେଓ, ସିପିଆଇ ଜିଲ୍ଲା ସଂପାଦକ ରମଣୀ ରଞ୍ଜନ ରାଉତରାୟ, ରାମଚଣ୍ଡୀ କୃଷକ ସଭା ସଂପାଦକ କୈଳାସ ସାହୁ, ସହ ସଂପାଦକ ହରେକୃଷ୍ଣ ମାଝି ପ୍ରମୁଖ ଉପସ୍ଥିତ ରହି ନିଜ ନିଜର ବକ୍ତବ୍ୟ ପ୍ରଦାନ କରିଥିଲେ । ଏହି ବକ୍ତବ୍ୟରେ କନ୍ଧା ଚାଷୀଙ୍କୁ ସେମାନଙ୍କର ଚାଷ ଜମିର ପଟା ପ୍ରଦାନ କରାଯାଉ, ପ୍ରସ୍ତାବିତ ଇସ୍ପାତ କାରଖାନା ପାଇଁ କମ୍ପାନୀ ଦ୍ୱାରା ସିଧା ସଳଖ ଭାବେ ଲୋକଙ୍କ ଠାରୁ ଜମି କ୍ରୟ କରାଯାଉ । ଧାନ କ୍ୱିଂଟାଲ ସର୍ବନିମ୍ନ ମୂଲ୍ୟ ୩ ହଜାର ଟଙ୍କା ଧାର୍ଯ୍ୟ କରାଯାଉ। ୬୦ ବର୍ଷ ପରେ କୃଷକଙ୍କୁ ୬ହଜାର ଟଙ୍କା ପେନଶନ ପ୍ରଦାନ କାରାଯାଉ ଆଦି ୧୧ଦଫା ଦାବିଗୁଡ଼ିକ ସମ୍ପର୍କରେ ଆଲୋଚନା କରିଥିଲେ। ଅତିରିକ୍ତ ଜିଲ୍ଲାପାଳ ଦୁର୍ଗା ପ୍ରସାଦ ମହାରଣାଙ୍କୁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ କରାଯାଇଛି। ଏହି ଦାବିପତ୍ର ପ୍ରଦାନ ସମୟରେ ଅଖିଳ ଭାରତ କୃଷକ ସଭା ଆବାହକ ପଦ୍ମନାଭ ଦାସ, ଏଆଇଟିୟୁସିର ଜିଲ୍ଲା ସଭାପତି ବାବାଜୀ ଧଳ, ରାମଚଣ୍ଡୀ କୃଷକ ସଭାର ଉପ ସଭାପତି ଧିରେନ୍ଦ୍ର ସାମଲ, ବିକାଶ ଚନ୍ଦ୍ର ବେଉରା, ସୁଭାସିନୀ ଭଦ୍ର, ସୁହାନା ବେଗମ, ଭଜହରି ପ୍ରଧାନ, ବସନ୍ତ ଖଟେଇ ପ୍ରମୁଖ ଉପସ୍ଥିତ ଥିଲେ।

# ତାଳଚେର ତାପଜ ବିଦ୍ୟୁତ କେନ୍ଦ୍ରରୁ ଛଟେଇ ହୋଇଥିବା ଠିକା କର୍ମଚାରୀମାନଙ୍କ ପାଇଁ ପୁନଃ ନିଯୁକ୍ତି ସମ୍ବନ୍ଧରେ ଏନ୍.ଟି.ପି.ସି. କର୍ତ୍ତୁପକ୍ଷଙ୍କ ସହ ଆଲୋଚନା



ଭୁବନେଶ୍ୱର,(ପି.ଏନ): ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଜାତୀୟ ଉପସଭାପତି, ରାଜ୍ୟ ସଭାପତି ତଥା ପ୍ରାକ୍ତନ ସାଂସଦ ଡଃ ରାମଚନ୍ଦ୍ର ଖୁଣ୍ଟିଆଙ୍କ ନେତୃତ୍ୱରେ ଏକ ପ୍ରତିନିଧିଦଳ ଏନ୍.ଟି.ପି.ସି.ର ନିର୍ଦ୍ଦେଶକ କ୍ରାମିକ (ଡାଇରେକ୍ଟର ଏଚ.ଆର)ଙ୍କ ସହ ତାଳଚେର ଥର୍ମାଲରୁ ଛଟେଇ ହୋଇଥିବା ଠିକା କର୍ମଚାରୀମାନଙ୍କ ପାଇଁ ପୁନଃ ନିଯୁକ୍ତି ସମ୍ବନ୍ଧରେ ଆଲୋଚନା କରିଥିଲେ। ପ୍ରସ୍ତାବିତ ୬୬୦ ମେଗାୱାଟର ଦୁଇଟି ନୂତନ ୟୁନିଟ୍‌ର ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇଛି ଏବଂ ଛଟେଇ କର୍ମଚାରୀମାନଙ୍କ ମଧ୍ୟରୁ ୪୪୪ ଜଣଙ୍କୁ ସାମୁହିକ ଭାବେ ନିଯୁକ୍ତି କରାଯାଇଛି। ଅବଶିଷ୍ଟ ୩୦୦ ଜଣ କର୍ମଚାରୀଙ୍କୁ ଅଗ୍ରାଧିକାର ଭାବରେ ନିଯୁକ୍ତି ଦେବା ପାଇଁ ଆଲୋଚନା ହୋଇଥିଲା। ଉକ୍ତ କର୍ମଚାରୀମାନେ ତାଳଚେର ତାପଜ ବିଦ୍ୟୁତ କେନ୍ଦ୍ରର ଜମିହରା ପ୍ରଜା ଅଟନ୍ତି। ଦୀର୍ଘ ବର୍ଷ ଧରି ସେମାନେ ଠିକା କର୍ମଚାରୀ ଭାବେ କାର୍ଯ୍ୟକରି ଆସୁଥିଲେ। ହଠାତ୍ ସେମାନଙ୍କ ଛଟେଇ ତାଙ୍କର ପରିବାର ଭରଣ ପୋଷଣ କରିବାରେ ଦୁଇ ବର୍ଷ ହେଲା ବାଧାସୃଷ୍ଟି କରିଛି। ଅନ୍ୟପକ୍ଷରେ ଦୀର୍ଘ ଦିନର ଅଭିଜ୍ଞତା ଓ ଦକ୍ଷତା ସଂପୁର୍ଣ୍ଣ ଠିକା କର୍ମଚାରୀମାନଙ୍କୁ କର୍ତ୍ତୁ୍ୟପକ୍ଷ ପୁନଃ ନିଯୁକ୍ତି ଦେଲେ ସେମାନଙ୍କ ପରିବାର ଭରଣ ପୋଷଣ ହେବା ସହିତ ପ୍ଲାଣ୍ଟ ପାଇଁ ଉପଯୁକ୍ତ କାର୍ଯ୍ୟଦକ୍ଷତାକୁ ବ୍ୟବହାର କରାଯାଇପାରିବ ବୋଲି ପ୍ରତିନିଧିମାନେ ମତପ୍ରକାଶ କରିଥିଲେ। ଛଟେଇ ହେବା ଦ୍ୱାରା ସେମାନେ ମଧ୍ୟ ସମସ୍ତ ସାମାଜିକ ସୁରକ୍ଷା ଓ ସୁବିଧା ପାଇବାରୁ ବଞ୍ଚିତ ହୋଇଛନ୍ତି। ବିଶେଷ କରି ଦୀର୍ଘ ବର୍ଷ ହେଲା ଇ.ଏସ୍.ଆଇ ମାଧ୍ୟମରେ ସ୍ୱାସ୍ଥ୍ୟସେବା ଉପଲବ୍ଧ କରୁଥିଲେ। ତେଣୁ ସେମାନଙ୍କୁ ପୁନଃ ନିଯୁକ୍ତି କଲେ ସେମାନେ ଓ ତାଙ୍କର ପରିବାର ସଦସ୍ୟମାନେ ଉପଯୁକ୍ତ ସ୍ୱାସ୍ଥ୍ୟ ସୁରକ୍ଷା ପାଇପାରିବେ। ଛଟେଇ କର୍ମଚାରୀମାନଙ୍କ ମଧ୍ୟରୁ ୨୨ ଜଣ କର୍ମଚାରୀ କରୋନା ପ୍ରକୋପରେ ମୃତ୍ୟୁବରଣ କରିଥିଲେ। ଛଟେଇ କାରଣରୁ ସେମାନଙ୍କୁ କେନ୍ଦ୍ର ସରକାରଙ୍କ ଦ୍ୱାରା ଘୋଷଣା କରାଯାଇଥିବା ଇ.ଏସ.ଆଇ ମାଧ୍ୟମରେ ସାମାଜିକ ସୁରକ୍ଷାରୁ ବଞ୍ଚିତ କରଯାଇଛିଁ। ତେଣୁ ସେମାନଙ୍କ ପରିବାରର ସାମାଜିକ ସୁରକ୍ଷା ପାଇଁ ପରିବାର ମଧ୍ୟରୁ ଅନ୍ତତଃ ଜଣଙ୍କୁ ଠିକା ଶ୍ରମିକ ଭାବେ ନିଯୁକ୍ତି ଦେଲେ ସେମାନେ ଦୁଇଓଳି ଖାଇପାରିବେ। ଅନ୍ୟପକ୍ଷରେ ସ୍ଥାନୀୟ ଲୋକଙ୍କୁ ଠିକା ଶ୍ରମିକ ଭାବେ ନିଯୁକ୍ତି ଦେଲେ ପ୍ରକଳ୍ପର ନିର୍ମାଣ କାର୍ଯ୍ୟ ବିନା ପ୍ରତିବନ୍ଧକରେ ସଂପାଦନ ହୋଇପାରିବ ବୋଲି ପ୍ରତିନିଧିମାନେ ମତପ୍ରକାଶ କରିଛନ୍ତି। ସ୍ଥାନୀୟ ଲୋକମାନଙ୍କୁ ମଧ୍ୟ ଛୋଟ ଛୋଟ ନିର୍ମାଣ କାର୍ଯ୍ୟରେ ଠିକାଦାର ଭାବେ ଅଗ୍ରାଧିକାର ଭିତିରେ ସୁଯୋଗ ଦେବା ପାଇଁ ପ୍ରସ୍ତାବ ଦେଇଛନ୍ତି। ଡାଇରେକ୍ଟର ଏଚ୍.ଆର ଏ ବାବଦରେ ପୁଙ୍ଖାନୁପୁଙ୍ଖ ତର୍ଜମା କରି ଓ ଏନ୍.ଟି.ପି.ସି କର୍ତ୍ତୁ୍ୟପକ୍ଷଙ୍କ ସହ ଆଲୋଚନା କରି ଏକ ନିର୍ଣ୍ଣାୟକ ପଦକ୍ଷେପ ନେବେ ପାଇଁ ପ୍ରତିଶ୍ରୁତି ଦେଇଛନ୍ତି। ଉକ୍ତ ପ୍ରତିନିଧି ଦଳରେ ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଓଡ଼ିଶା ଶାଖାର ଉପସଭାପତି ତଥା ଜାତୀୟ ସଂଗଠନ ସଂପାଦକ ଶ୍ରୀ ମଦନ ମୋହନ ଧଳ, ରାଜ୍ୟ ଯୁଗ୍ମ ସାଧାରଣ ସଂପାଦକ ତଥା ଜାତୀୟ ସାଂଗଠନିକ ସଂପାଦକ - ଶ୍ରୀ ନିର୍ମଳ କୁମାର ସାମଲ, ଏନ୍.ଟି.ପି.ସିର ସାଧାରଣ ସଂପାଦକ - ସତ୍ୟାନନ୍ଦ ସାହୁ ଓ ତାଳଚେର ତାପଜ ବିଦ୍ୟୁତ କେନ୍ଦ୍ରର ଠିକା କର୍ମଚାରୀ ମହାସଂଘର ସଭାପତି - ବିଷ୍ଣୁମୋହନ ରଥ ସମେତ ଉପସ୍ଥିତ ଥିଲେ।

# ଶ୍ରୀମନ୍ଦିରରେ ଶ୍ରୀଜୀଉଙ୍କ ବନକଲାଗି ନୀତି ସମ୍ପନ୍ନ

ପୁରୀ, (ପି.ଏନ): ମାର୍ଗଶିର ମାସ ଶୁକ୍ଳ ପକ୍ଷ ସପ୍ତମୀ ତିଥିରେ ଆଜି ଶ୍ରୀମନ୍ଦିର ରତ୍ନ ସିଂହାସନ ଉପରେ ଶ୍ରୀଜୀଉ ମାନଙ୍କ ଶ୍ରୀମୁଖ ଶୃଙ୍ଗାର ଅର୍ଥାତ୍ ବନକଲାଗି ନୀତି ଅନୁଷ୍ଠିତ ହୋଇଛି। ଏହା ଶ୍ରୀଜୀଉଙ୍କ ଏକ ଗୁପ୍ତ ନୀତି ହୋଇଥିବାରୁ ଏଥିପାଇଁ ସଂନ୍ଧ୍ୟା ୫ଟାରୁ ରାତି ୯ ପର୍ଯ୍ୟନ୍ତ ସର୍ବସାଧାରଣ ଦର୍ଶନ ବନ୍ଦ ରହିଥିଲା । ରାତି ୯ଟା ପରେ ମହାପ୍ରଭୁଙ୍କ ମହାସ୍ନାନ ନୀତି ଅନୁଷ୍ଠିତ ହୋଇଥିଲା। ମହାସ୍ନାନ ପରେ ସନ୍ଧ୍ୟା ଆଳତୀ ଓ ସନ୍ଧ୍ୟା ଧୂପ ନୀତି ସମ୍ପନ୍ନ ହୋଇଥିଲା। ଏହାପରେ ଭକ୍ତ ମାନେ ଶ୍ରୀଜୀଉଙ୍କ ଦର୍ଶନ କରିଛନ୍ତି । ପରମ୍ପରା ଅନୁଯାୟୀ, ଶ୍ରୀଜୀଉଙ୍କ ଦ୍ୱିତୀୟ ଭୋଗମଣ୍ଡପ ଶେଷ ପରେ ପହୁଡ଼ ଆଳତୀ କରାଯାଇଥିଲା । ଏହାପରେ ଭିତରୁ ଜୟ ବିଜୟ ଦ୍ୱାର ବନ୍ଦ କରାଯାଇଥିଲା । ଗର୍ଭଗୃହ ମଧ୍ୟରେ ଦତ ମହାପାତ୍ର ସେବାୟତ ମାନେ ଶ୍ରୀ ଜୀଉଙ୍କ ଏହି ଗୁପ୍ତ ନୀତି ସମାପନ କରିଥିଲେ । ବନକ ଲାଗି ଶ୍ରୀଜୀଉଙ୍କ ଏକ ଗୁପ୍ତ ନୀତି ହୋଇଥିବାରୁ ଏହି ନୀତି ସମୟରେ ଗର୍ଭଗୃହର ସମସ୍ତ ଦ୍ୱାର ବନ୍ଦ ରହିଥିଲା।

# ୩ ରୁ ୬ ଡିସେମ୍ବରରୁ ଗାନ୍ଧୀ ଷ୍ଟଡିୟମରେ କୁଚ ବେହାର ଟ୍ରଫି କ୍ରିକେଟ ଟୁର୍ଣ୍ଣାମେଂଟ

ବଲାଙ୍ଗିର,(ପି.ଏନ): ଓଡିଶା କ୍ରିକେଟ ଏସୋସିଏସନ (ଓସିଏ) ଆନୁକୁଲ୍ୟରେ ଜିଲ୍ଲା କ୍ରୀଡା ସଂସଦ ବଲାଙ୍ଗିର ସ୍ଥାନୀୟ ଗାନ୍ଧୀ ଷ୍ଟାଡିୟମରେ ୩ ଡିସେମ୍ବର ରୁ ୬ ଡିସେମ୍ବର ପର୍ଯ୍ୟନ୍ତ ସର୍ବ ଭାରତୀୟ ୧୯ ବର୍ଷ ବର୍ଗ କ୍ରିକେଟ ଟୁର୍ଣ୍ଣାମେଣ୍ଟ "କୁଚ ବେହାର ଟ୍ରଫି" ଓଡିଶା ବନାମ ବିଦର୍ଭ ମଧ୍ୟରେ ଖେଳ ଆୟୋଜନ କରିବ । ଏଥି ପାଇଁ ଷ୍ଟାଡିୟମ ପରିସରରେ ବୁଧବାର ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି । କ୍ରୀଡା ସଂସଦର ସାଧାରଣ ସଂପାଦକ ହରି ନାରାୟଣ ପୂଜାରୀଙ୍କ ଆବାହକତ୍ୱ ଓ କାର୍ଯ୍ୟକାରୀ ସଭାପତି ଡ. ଶ୍ରୀକର ମିଶ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ସମ୍ମିଳନୀରେ ଟୁର୍ଣ୍ଣାମେଣ୍ଟ ଆୟୋଜନ ସମ୍ପର୍କିତ ସାମ୍ବାଦିକମାନଙ୍କ ବିଭିନ୍ନ ପ୍ରଶ୍ନ ଉପରେ ସମ୍ପାଦକ ଶ୍ରୀ ପୂଜାରୀ ଆଲୋଚନା କରିଥିଲେ । ଏଥିରେ ଉପ-ସଭାପତି କୃଷ୍ଣଚନ୍ଦ୍ର ମିଶ୍ର, ଡ. ପ୍ରହଲ୍ଲାଦ ଶତପଥି, ଯୁଗ୍ମ ସଂପାଦକ ପଦ୍ମଚରଣ ଆଚାର୍ଯ୍ୟ, ଶତୃଘନ ସିଂହ, କୋଷାଧ୍ୟକ୍ଷ ପ୍ରଭାତ କୁମାର ମିଶ୍ର, ଫୁଟବଲ ସଂପାଦକ ହେମନ୍ତ ବେହେରା, ବରିଷ୍ଠ ସଭ୍ୟ ସୁଧିର ଚନ୍ଦ୍ର ପଣ୍ଡା, କ୍ରିକେଟ କୋଚ ଅରୁଣ କୁମାର ନାୟକ ପ୍ରମୁଖ ଉପସ୍ଥିତ ଥିଲେ । ଶେଷରେ ଯୁଗ୍ମ ସଂପାଦକ ଶ୍ରୀ ଆଚାର୍ଯ୍ୟ ଧନ୍ୟବାଦ ଅର୍ପଣ କରିଥିଲେ। ୧ ଓ ୨ ତାରିଖରେ ଉଭୟ ଦଳ ଷ୍ଟାଡିୟମରେ ପ୍ରାକ୍ଟିସ ମ୍ୟାଚ ଖେଳିବେ। ମ୍ୟାଚ ରେଫରି ଭାବେ ଡ. ରୋହିତ ପ୍ରକାଶ, ଅମ୍ପେୟାର ଭାବେ ରାକେଶ ରାଘବନ ଓ ଅନମୋଲ ଶାରଦା, ଓ ସ୍କୋରର ଭାବେ ସନ୍ଦିପ ଜି. ଓ ବିଶ୍ୱଜିତ ମହାନ, ଭିଡିଓ ଏନାଲିଷ୍ଟ ଭାବେ ତାପସ ନାଏକ ଏବଂ ସଂଜୟ କୁମାର ଜେଆର୍ ପ୍ରମୁଖ ଏ ଟୁର୍ଣ୍ଣାମେଣ୍ଟକୁ ପରିଚାଳନା କରିବେ ବୋଲି ସଂପାଦକ ଶ୍ରୀ ପୂଜାରୀ ସୂଚନା ଦେଇଛନ୍ତି ।

# ରୋଗ ପ୍ରତିଶୋଧକ ଔଷଧ ବ୍ୟବହାର ସଚେତନାତା କର୍ମଶାଳା

ବଲାଙ୍ଗିର,(ପି.ଏନ): ଭାରତରେ ୫ବର୍ଷରୁ କମବୟସର ଶିଶୁଙ୍କ ମଧ୍ୟରେ ରୋଗପ୍ରତିରୋଧକ ଶକ୍ତି କମିବା ସହିତ ବିଭିନ୍ନ ରୋଗରେ ପଡି ମୃତ୍ୟୁହାର ବଢୁଛି । ୫ବର୍ଷରୁ କମ ବୟସର ଶିଶୁଙ୍କ ମଧ୍ୟରେ ରୋଗ ପ୍ରତିରୋଧକ ଶକ୍ତି ବୃଦ୍ଧିକରିବା ତଥା ଉଚିତ ମାତ୍ରାର ଆଣ୍ଟିବାୟୋଟିକ ଦେଇ ଚିକିତ୍ସା କରି ଶିଶୁମୃତ୍ୟୁହାର କମ କରିବାକୁ ଇଣ୍ଡିଆନ ମେଡିକାଲ ଏସୋସିଏସନ ଅଣ୍ଟା ଭିଡିଛି । ପ୍ରେସିଡେନ୍ସିଆଲ ଏକ୍ସନପ୍ଲାନ ୟୁଏମଓଆର ୨୫/୨୫ ଆଧାରରେ ଇଣ୍ଡିଆନ ମେଡିକାଲ ଆସୋସିଏସନ ଓ ଇଣ୍ଡିଆନ ଏକାଡେମୀ ଅଫ ପେଡିଆଟ୍ରିକ୍ସର ବଲାଙ୍ଗୀର ଶାଖାର ମିଳିତ ଆନୁକୂଲ୍ୟରେ ସ୍ଥାନୀୟ ହରିହର ହସପିଟାଲର ସଭାକକ୍ଷରେ ଏକ ରୋଗପ୍ରତିରୋଧକ ଔଷଧ ବ୍ୟବହାର ନେଇ ଏକ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି । ଆଇଏମଏ ବଲାଙ୍ଗୀର ଶାଖାର ସଭାପତି ଡ.ପୂର୍ଣ୍ଣଚନ୍ଦ୍ର ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି କର୍ମଶାଳାରେ ମୁଖ୍ୟଅତିଥି ଭାବରେ ବଲାଙ୍ଗୀର ଜିଲ୍ଲାମୁଖ୍ୟ ଚିକିତ୍ସାଧିକାରୀ ଡ.ସ୍ନେହଲତା ସାହୁ,ସମ୍ମାନୀତ ଅତିଥି ଭାବରେ ଆଇଏମଏ ବଲାଙ୍ଗୀର ଶାଖାର ସଂପାଦକ ଡ.ନରେନ୍ଦ୍ରକୁମାର ସାହୁ,ଆଇଏପିର ବଲାଙ୍ଗୀର ଶାଖା ସଭାପତି ଡ.ଜନାର୍ଦ୍ଦନ ପୃଷ୍ଟି,ସଂପାଦକ ଡ.ସରୋଜକୁମାର ତିଆଡି ଓ ମୁଖ୍ୟବକ୍ତା ଭାବରେ ଭୀମଭୋଇ ମେଡିକାଲକଲେଜ ହସପିଟାଲର ଶିଶୁରୋଗବିଭାଗର ମୁଖ୍ୟ ପ୍ରଫେସର ଡ.ଶାନ୍ତିସେନା ମିଶ୍ର ଯୋଗଦେଇଥିଲେ । ଡ.ଶାନ୍ତିସେନା ତାଙ୍କ ବକ୍ତବ୍ୟରେ ସଂପ୍ରତି ଶିଶୁଙ୍କ ମଧ୍ୟରେ ଅନେକରୋଗ ବ୍ୟାପୁଛି । ବାରମ୍ବାର ଆଣ୍ଟିବାୟୋଟିକ ବ୍ୟବହାର ଫଳରେ ଏହା ଶରୀରରେ ରେଜିଷ୍ଟେନ୍ସ ହୋଇଯାଉଛି । ଫଳରେ ଅନେକ ଆଣ୍ଟିବାୟଟିକ ଆଉ ରୋଗ କମାଇବାରେ କାମ କରୁନାହିଁ । ତେଣୁ ଶିଶୁଙ୍କୁ ଚିକିତ୍ସା କଲାବେଳେ ଉଚିତ ପରିମାଣର ତଥା ସଠିକ ଆଣ୍ଟିବାୟୋଟିକ ପ୍ରୟୋଗର ଆବଶ୍ୟକତା ଉପରେ ସେ କହିଥିଲେ । ଏହି କର୍ମଶାଳାରେ ଆଣ୍ଟିବାଓଟିକର ବ୍ୟବହାର ,ଏହାର ପାର୍ଶ୍ୱପ୍ରତିକ୍ରୀୟା ଓ ଅନ୍ୟାନ୍ୟ ଦିଗ ତଥା ନୂତନ ଗବେଷଣା ଉପରେ ଆଲୋଚନା ହୋଇଥିଲା । ଆମର ଆଗାମୀପୀଢୀ ଯେଭଳି ଆଣ୍ଟିବାୟୋଟିକର ରେଜିଷ୍ଟାନ୍ସର ଶୀକାର ନେହେବେ ସେନେଇ କଣ ସତର୍କତା ଅବଲମ୍ବନ କରାଯାଇ ପାରିବ ସେନେଇ ଆଲୋଚନା କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ ଜିଲ୍ଲାର ବହୁସଂଖ୍ୟାରେ ଡାକ୍ତର ଯୋଗଦେଇଥିଲେ ।

# ଅନ୍ୟ ଜାତିକୁ ବିବାହ କରିବା ହେଲା କାଳ, ମୃତ୍ୟୁ ପରେ ଶବଦାହ କଲେ ସମାଜସେବୀ ଓ ମାନବାଧିକାର ରକ୍ଷକ

କେନ୍ଦୁଝର,(ପି.ଏନ): ଆଜି କେନ୍ଦୁଝର ଜିଲ୍ଲା ସଦର ବ୍ଲକ ଅନ୍ତର୍ଗତ ବୁଦାପଳସା ଗ୍ରାମ ପଂଚାୟତର ତୁଳସୀପୁର ଗ୍ରାମରେ ଏକ ଅଭାବନୀୟ ଘଟଣା ଘଟିଛି । ସେହି ଗ୍ରାମର ପଣ୍ଡା ନାୟକ ଏକ ମୁଣ୍ଡା ଜାତିର ଝିଅକୁ ଭଲ ପାଇ ବିବାହ କରିଥିଲେ। ତାଙ୍କ ଔରସରୁ ଏକ ପୁତ୍ର ଓ କନ୍ୟା ଜନ୍ମଜାତ ହୋଇଥିଲେ। କିଛି ବର୍ଷ ଭଲରେ ଭଲରେ ଦିନ କାଟୁଥିବା ସମୟରେ ପଣ୍ଡା ନାୟକର ସ୍ତ୍ରୀ ଅନ୍ୟ ଏକ ପୁରୁଷ ସହିତ ଘରୁ ପଳାଇ ଯାଇଥିଲା । ଶେଷରେ ପଣ୍ଡା ନାୟକ ପୁଅ ଓ ଝିଅକୁ ନେଇ ଜୀବନ ଅତିବାହିତ କରୁଥିଲା । କିନ୍ତୁ ପଣ୍ଡା ନାୟକଙ୍କ ଦେହ ବହୁତ ଖରାପ ହେଲା ଓ ଚିକିତ୍ସାଧିନ ଅବସ୍ଥାରେ ତାଙ୍କର ମୃତ୍ୟୁ ହୋଇଥିଲା । ବର୍ତ୍ତମାନ ପୁଅ ରିକିର ବୟସ ମାତ୍ର ୮ ବର୍ଷ ଓ ଝିଅର ବୟସ ମାତ୍ର ୬ ବର୍ଷ ହୋଇଥିବା ବେଳେ ବାପାଙ୍କର ମୃତ୍ୟୁ ପରେ ତାଙ୍କର ଶବକୁ ଗ୍ରାମବାସୀ ବାରଣ କରି କେହି ଶବଦାହ ପାଇଁ ଶ୍ମଶାନକୁ ଆସିଲେ ନାହିଁ । ଯାହା ଆଜି ପର୍ଯ୍ୟନ୍ତ ଜାତିପ୍ରଥା ରହିଛି ବୋଲି କେନ୍ଦୁଝର ଜିଲ୍ଲାର ସମାଜସେବୀ ଓ ମାନବାଧିକାର ରକ୍ଷକ ମିଶି ପଣ୍ଡା ନାୟକର ଶବକୁ ଶବଦାହ କଲେ । ଏପରିକି ଶ୍ମଶାନରେ ମଧ୍ୟ ଶବକୁ ସ୍ଥାନ ଦେଉନଥିଲେ । ଲୋକଙ୍କୁ ବହୁ ବୁଝାସୁଝା କରି କାମ ସମାପନ କରିଥିଲେ । ତାଙ୍କର ଶୁଦ୍ଧିକ୍ରିୟା ମଧ୍ୟ ସମାଜସେବୀ ଓ ମାନବାଧିକାର ରକ୍ଷକ ମିଶି କରାଯିବ ବୋଲି ନିଷ୍ପତ୍ତି ନେଇଛନ୍ତି । ଏଭଳି ମହାନ କାର୍ଯ୍ୟକୁ ବୁଦ୍ଧିଜୀବୀ ମହଲରୁ ପ୍ରଶଂସା ଛୁଟିବା ସହ ପ୍ରଶାସନ ତରଫରୁ ବହୁତ ବହୁତ ଧନ୍ୟବାଦ ଜଣାଇଛନ୍ତି । ଏଥିରେ ଲମ୍ବୋଦର ମହାନ୍ତ, ରଜନୀକାନ୍ତ ବେହେରା, ସୁଜଳ କୁମାର ସେଠୀ, ସୀବ ସାହୁ, ଯୁଧିଷ୍ଠିର ମହାନ୍ତ, ସୌମ୍ୟ ରନ ବେହେରା ପ୍ରମୁଖ ଉପସ୍ଥିତ ଥିଲେ।


2021-2022



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

(Special discount for new admission before 15.03.2021)

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on Facebook.com/Mps, Baripada




Bhubaneswar Friday December 02, 2022 ଭୁବନେଶ୍ୱର ଶୁକ୍ରବାର, ଡିସେମ୍ବର ୦୨,୨୦୨୨ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com



# ଉଦୀୟମାନ ସ୍ୱେଚ୍ଛାସେବୀ ଅନୁଷ୍ଠାନ ପକ୍ଷରୁ ଏଡସ ସଚେତନତା ଦିବସ

ଦର୍ପଣ,(ପି.ଏନ):ଉଦୀୟମାନ ସ୍ୱେଚ୍ଛାସେବୀ ଅନୁଷ୍ଠାନ ଚଣ୍ଡିଖୋଲ ପକ୍ଷରୁ ଆଜି ଚଣ୍ଡିଖୋଲସ୍ଥିତ ଭଗବାନ ବୁଦ୍ଧଙ୍କ ପ୍ରତିମୂର୍ତି ନିକଟରେ ଏଡସ ସଚେତନତାକୁ ଆଧାର କରି ଏକ ଶୋଭାଯାତ୍ରା ବାହାରି ଚଣ୍ଡିଖୋଲ ବଜାର ପରିକ୍ରମା କରାଯାଇଥିଲା। ଏହି ଶୋଭାଯାତ୍ରାରେ ବାବା ଭୈରବାନନ୍ଦ ସ୍ୱୟଂଶାସିତ ମହାବିଦ୍ୟାଳୟର ଜାତୀୟ ସମର ଶିକ୍ଷାର୍ଥୀବାହିନୀ, ଜାତୀୟ ସେବା ଯୋଜନାର ଛାତ୍ରଛାତ୍ରୀ ମାନେ ଯୋଗ ଦେଇଥିଲେ। ଏହାକୁ ବଡଚଣା ଥାନା ଆରକ୍ଷୀ ନିରୀକ୍ଷକ ସୁଶୀଳ କୁମାର ନାୟକ ଆନୁଷ୍ଠାନିକ ଭାବେ ଉଦଘାଟନ କରିଥିଲେ। ମୁଖ୍ୟ ଅତିଥି ଭାବେ ସମାଜସେବୀ ଅଜାମ୍ବର ମଲ୍ଲ ସମ୍ମାନିତ ଅତିଥି ଭାବେ ରୋଟାରିଆନ ଚନ୍ଦନ କୁମାର ନାୟକ, ଆଇନଜୀବୀ ମନମଥ କୁମାର ପୃଷ୍ଟି, ଅଧାପକ କ୍ୟାପ୍ଟନ ଦିଲ୍ଲିପ ନାୟକ, ସଲ୍ଲୀଳ ରାଜନନ୍ଦନ ମହାନ୍ତି, ଟୁଇନାଂଶୁ ରଥ, ଡ.ଦିଲିପ କୁମାର ନାୟକ, ଡ.ସୁଧିର ସାମଲ, ଓସ୍ତାର ସମ୍ପାଦକ ବ୍ରଜକିଶୋର ବିଶ୍ୱାଳ, ପଣ୍ଡିତ ହିମାଂଶୁ ଶେଖର ପଣ୍ଡା ପ୍ରମୁଖ ଯୋଗ ଦେଇଥିଲେ। ଏଡସ




ରୋଗରୁ ମୁକ୍ତ ପାଇଁ ଶୋଭାଯାତ୍ରାରେ ଥିବା ଛାତ୍ରଛାତ୍ରୀ ମାନେ ସ୍ଲୋଗାନ ଦେଇଥିଲେ। ଆଜି ସାରା ବିଶ୍ୱରେ ବିଶ୍ୱ ଏଡସ ଦିବସ ପାଳନକରାଯାଉଛି। ଏଡସକୁ ଦୂର କରିବା ପାଇଁ ଆମେ ସମସ୍ତେ ସାମିଲ ହୋଇ ଗ୍ରାମାଂଚଳ, ହାଟବଜାର,ସ୍କୁଲ ଓ ମହାବିଦ୍ୟାଳୟରେ ଏହି ଏଡସ ସମ୍ପର୍କରେ ଆଲୋଚନା କରି ଲୋକମାନଙ୍କୁ ବାର୍ତା ଦେବାର ଆବଶ୍ୟକତା ରହିଛି। ଏହି ଶୋଭାଯାତ୍ରାରେ ଚଣ୍ଡିଖୋଲ ଫାଣ୍ଡି, ଗଣମାଧମର ସାମ୍ବାଦିକ, ଚଣ୍ଡିଖୋଲ ଫାଣ୍ଡି ଅଧିକାରୀ, ଅଗ୍ନିଶ୍ରମ ବିଭାଗର ସମସ୍ତ କର୍ମଚାରୀ, ସ୍ଥାନୀୟ ଅଂଚଳର ସ୍ୱେଚ୍ଛାସେବୀ, ବୁଦ୍ଧିଜିବୀ, ଶିକ୍ଷାବିତ ସାମିଲ ହୋଇ ସଚେତନତା ସଂପର୍କରେ ବାର୍ତା ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ଅନୁଷ୍ଠାନର ସଭାପତି ଅବିନାଶ ଜେନା, ଉପଦେଷ୍ଟା ଦଗମ୍ବର ମହାପାତ୍ର, ଅନନ୍ତ ପ୍ରସାଦ ମାହାଲା, ସୁଜିତ କୁମାର ସିଂ, ମହେନ୍ଦ୍ର ଦାସ, ଭିକାରୀ ଚରଣ ସାମଲ, ମଦନ ମୋହନ ପରମାଣିକ, ତାପସ ରଞ୍ଜନ ସ୍ୱାଇଁ, ଶେଷଦେବ ପୃଷ୍ଟି,ଶୁଶାନ୍ତ କୁମାର ଜେନା, ଡ.କୈବଲ୍ୟ ମହାପାତ୍ର, ସନ୍ଧ୍ୟାରାଣୀ ବ୍ରହ୍ମ, କୃଷ୍ଣଚନ୍ଦ୍ର ସିଂ, ଆକାଶ କୁମାର ସାହୁ,ସଞ୍ଜୀୟ କୁମା ରମହାରଣା, ରତିପ୍ରଭା ନାୟକ, ଜ୍ୟୋତ୍ସ୍ନାରାଣୀ ବେହେରା, ସୁଜାତା ସାମଲ, ଗାୟିକା କନକଲତା ସାମଲ, ଗୀତାଞ୍ଜଳି ମିଶ୍ର, ତୁଳସୀ ଭଞ୍ଜ, ଜୟନ୍ତୀ ରାଓ, ଜସ୍ମିତା ରାଉତ, ଅଜିତ କୁମାର ନାୟକ, ସାଗର ରଞ୍ଜନ ନାୟକ, ବିପିନି କୁମା ରନାୟକ, ଚନ୍ଦନ କୁମାର ପଣ୍ଡା, ମନୋଜ କୁମାର ନାୟକ, ବାନାମ୍ବର ବିଶ୍ୱାଳ, ପ୍ରତିକ ସାମଲ ପ୍ରମୁଖ କାର୍ଯ୍ୟକ୍ରମରେ ଯୋଗଦେଇ ସୂଚାରୁ ରୂପେ ପରିଚାଳନା କରିଥିଲେ।

# ଚାଲେଞ୍ଜଂର କପ୍ କ୍ରିକେଟ୍ ପ୍ରତିଯୋଗିତା ୨୦୨୨

ଚମ୍ପୁଆ,(ପି.ଏନ):ଚମ୍ପୁଆ ନେହେରୁ ଷ୍ଟାଡିୟମ ଠାରେ ୫ମ ଚାଲେଞ୍ଜଂର କପ୍ କ୍ରିକେଟ୍ ଟୁର୍ଣ୍ଣାମେଂଟ ଉଦ୍‌ଘାଟିତ ହୋଇଯାଇଛି। ଏହି ଉଦ୍‌ଘାଟନି ଉତ୍ସବରେ ମୁଖ୍ୟ ଅତିଥି ଭାବେ ଚମ୍ପୁଆ ଏସ.ଡି.ପି.ଓ ରାମରାୟ ମୁର୍ମୁ ଯୋଗ ଦେଇ ଆନୁଷ୍ଠାନିକ ଭାବେ ଏହାକୁ ଉଦ୍‌ଘାଟନ କରିଥିଲା ବେଳେ ସମ୍ମାନିତ ଅତିଥି ଭାବେ ଏନ.ଏ.ସି ଚେୟାରମ୍ୟାନ ଗିରିଜା ଶଙ୍କର ସାହୁ, ଥାନା ଅଧିକାରୀ ଗଗନ ବିହାରୀ ନାଏକ, ଯୁବ ନେତା ବଦ୍ଦୁଜେମା, ଆଥିଲେଟିକ୍ ଆସସିଏସନ ସମ୍ପାଦକ ସତ୍ୟବାନ କର, ସୁବାସ ରାମ ସମେତ ଯୋଗ ଦେଇଥିଲେ। ଚମ୍ପୁଆ କ୍ରିକେଟ୍ କ୍ଲବ ଦ୍ୱାରା ଅନୁଷ୍ଠିତ ଏହି ପ୍ରତିଯୋଗିତାରେ ୨୪ ଗୋଟି ଦଳ ଭାଗ ନେଇଥିଲା ବେଳେ ଏହି ପ୍ରତିଯୋଗିତା ୦୧ ତାରିଖରୁ ଆରମ୍ଭ ହୋଇ ୧୧ ତାରିଖରେ ଶେଷ ହେବ ବୋଲି କ୍ଲବ ସଭାପତି ଅରୁଣ କୁମାର ପତି ସୂଚନା ଦେଇଛନ୍ତି।

# ଯୋଡା ମହିଳା ମହାବିଦ୍ୟାଳୟରେ ବିଶ୍ୱ ଏଡସ୍ ଦିବସ ପାଳିତ




ଯୋଡା,(ପି.ଏନ):ଯୋଡା ମହିଳା ମହାବିଦ୍ୟାଳୟରେ ବିଶ୍ୱ ଏଡସ୍ ଦିବସ ପାଳିତ ହୋଇଯାଇଛି। ଏହି ଦିବସ ଉପଲକ୍ଷେ ମହାବିଦ୍ୟାଳୟର ରେଡ୍ ରିବନ କ୍ଲବ ତରଫରୁ ଛାତ୍ରୀମାନେ କଲେଜ ଫାଟକ ସମ୍ମୁଖରେ ସାଧାରଣ ଜନତାଙ୍କୁ ରେଡ୍ ରିବନ ବାନ୍ଧି ଦୁଃସାଧ ଏଡସ୍ ରୋଗ ବିଷୟରେ ସଚେତନ କରିଥିଲେ। ଏହାପରେ ଛାତ୍ରୀ ମାନଙ୍କ ମଧ୍ୟରେ ଏଡସ୍ ସଚେତନତା ସଭା କଲେଜ ସଭା କକ୍ଷରେ ଆୟୋଜିତ ହୋଇଥିଲା। ଏଥିରେ ଯୋଡା ମହାବିଦ୍ୟାଳୟର +୩ ଶାଖା ତରଫରୁ ବାସୁଦେବପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର କଳ୍ପନା ଶତପଥୀ ଓ +୨ ଶାଖା ତରଫରୁ ବାସୁଦେବପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ଚନ୍ଦନ କୁମାର ବାରିକ ଯଥାକ୍ରମ ମୁଖ୍ୟଅତିଥି ଓ ମୁଖ୍ୟବକ୍ତା ଭାବେ ଯୋଗ ଦେଇ ଛାତ୍ରୀ ମାନଙ୍କୁ ଏଡସ୍ ବିଷୟରେ ଚେତନ କରାଇବା ସହିତ ନିଜର ପରିବେଶରେ ଥିବା ସମସ୍ତ ଲୋକଙ୍କୁ ଏଡସ୍ ବିଷୟରେ ସଚେତନ କରାଇବା ପାଇଁ ଆହ୍ୱାନ ଦେଇଥିଲେ। ମହିଳା ଓ ଝିଅମାନେ ଏଡ୍ସ ବିଷୟରେ ସଚେତନ ହେଲେ ଏଡସ୍‌କୁ ଅଧିକ ସଫଳ ଭାବରେ ରୋକାଯାଇ ପାରିବ ବୋଲି ମତ ପ୍ରକାଶ ପାଇଥିଲା। ଏହି ସଚେତନତା ସଭାରେ ଅଧକ୍ଷା ଡଃ ମୃଦୁଳା ମହାନ୍ତି ସ୍ୱାଗତ ଭାଷଣ ଦେଇଥିବା ବେଳେ +୩ ଯୁବ ରେଡକ୍ରସ କାଉନସିଲର ଅଧ୍ୟାପକ ପବିତ୍ର ମୋହନ କର ଅତିଥି ପରିଚୟ ପ୍ରଦାନ କରିଥିଲେ ଏବଂ ସଭା ପରିଚାଳନା କରିଥିଲେ। +୨ ଶାଖାର ଯୁବ ରେଡକ୍ରସ କାଉନସିଲର ଅଧ୍ୟାପିକା ଐଶ୍ୱର୍ଯ୍ୟାମୟୀ ପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ। ଛାତ୍ରୀ ମାନଙ୍କ ଦ୍ୱାରା ଏଡସ୍ ଉପରେ ଏକ ସଚେତନତା ନାଟକ ପରିବେଷଣ ହୋଇଥିଲା। ଏଡସ୍ ସଚେତନତା ଉପରେ ଛାତ୍ରୀ ମାନଙ୍କ ମଧରୋ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। କୃତି ପ୍ରତିଯୋଗିଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ। ଏହି ପୁରସ୍କାର ବିତରଣ କାର୍ଯ୍ୟକ୍ରମକୁ ଅଧ୍ୟାପିକା ସୁମନପ୍ରଭା ତିର୍କୀ ପରିଚାଳନା କରିଥିଲେ। ଏଡସ୍ ସଚେତନା ଉପରେ ଉଭୟ +୨ ଓ +୩ ଶ୍ରେଣୀର ଛାତ୍ରୀ ମାନଙ୍କ ମଧ୍ୟରେ ଓଡିଆ ଓ ଇଂରାଜୀରେ ପ୍ରବନ୍ଧ ଲିଖନ ପ୍ରତିଯୋଗିତା, ବକ୍ତୃତା, ପୋଷ୍ଟର ତିଆରି, କୁଇଜ୍, ପଥପ୍ରାନ୍ତ ନାଟକ ଇତ୍ୟାଦି ଅନୁଷ୍ଠିତ ହୋଇଥିଲା। ଏଥିରେ +୨ ଓ +୩ ସ୍ତରରେ ୪୫ଜଣ କୃତି ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା।

# ଆନନ୍ଦପୁର ମହାବିଦ୍ୟାଳୟରେ ବିଶ୍ୱ ଏଡ୍‌ସ ଦିବସ ପାଳିତ

ଆନନ୍ଦପୁର,(ପି.ଏନ):ବିଶ୍ୱ ଏଡସ୍ ଦିବସ ଉପଲକ୍ଷେ ଆନନ୍ଦପୁର ମହାବିଦ୍ୟାଳୟରେ ଏକ ସଚେତନତା ସଭା ଏବଂ ରାଲି ମହାବିଦ୍ୟାଳୟର ଅଧକ୍ଷ ଡଃ ନାରାଣ ମିଶ୍ରଙ୍କ ପୌରହିତ୍ୟରେ ଅନୁଷ୍ଠିତ ହୋଇଯାଇଛି। ସର୍ବପ୍ରଥମେ ପ୍ରାତଃ ୯ଟା ବେଳେ ଏକ ବିଶାଳ ରାଲି ମହାବିଦ୍ୟାଳୟ ପରିସରରୁ ବାହାରି ଆନନ୍ଦପୁର ସହର ପରିକ୍ରମା କରି ଜନସାଧାରଣଙ୍କୁ ଏଡସ୍‌ର ଭୟାବହତା ସମ୍ବନ୍ଧରେ ସଚେତନ କରାଇଥିଲେ। ଏହି ସଚେତନତା ଶୋଭାଯାତ୍ରାର ନେତୃତ୍ୱ ନେଇଥିଲେ ପ୍ରାଧ୍ୟାପକ କୃଷ୍ଣଚନ୍ଦ୍ର ମହାନ୍ତ, ଶିବଚରଣ ବେହେରା, ରଘୁଦୀପ୍ତ ନାୟକ, ଉଜ୍ଜ୍ୱଳ ପଟ୍ଟନାୟକ, ଭଗବାନ ସାହୁ, ଡଃ ଦିବ୍ୟଲୋଚନ ଭୂୟାଁ, ପ୍ରଦୀପ ପୂର୍ତ୍ତି, ଆଦ୍ୟଦେବ ମହାନ୍ତି, ଲକ୍ଷ୍ମୀଧର ପାତ୍ର, ବିଶ୍ୱଜିତ ରାଉତ, ରନ ନାୟକ, ମଧୁସ୍ମିତା ସାଧୁ, ଡଃ ଶକ୍ତି ପ୍ରସାଦ ମହାପାତ୍ର, ଅନନ୍ତ ଚରଣ ମହାନ୍ତି ପ୍ରମୁଖ। ଉକ୍ତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଆନନ୍ଦପୁର ଉପଖଣ୍ଡ ଚିକିତ୍ସାଳୟର ସୁପରିଟେଣ୍ଡେଣ୍ଟ ଡଃ ଧନେଶ୍ୱର ସେଠୀ, ମୁଖ୍ୟ ବକ୍ତା ଭାବେ ଚକ୍ଷୁ ରୋଗ ବିଶେଷଜ୍ଞ ଡଃ ଉଦୟ ଭାସ୍କର ପଣ୍ଡା, ସମ୍ମାନୀତ ଅତିଥି ଭାବେ ପ୍ରାଧ୍ୟାପକ କୃଷ୍ଣଚନ୍ଦ୍ର ମହାନ୍ତ, ଅନନ୍ତ ଚରଣ ମହାନ୍ତି, ରବୀନ୍ଦ୍ର କୁମାର ନାୟକ, ଶିବ ଚରଣ ବେହେରା, ଗୀତାଳି ନାୟକପ୍ରମୁଖ ଯୋଗ ଦେଇ ଏଡ୍‌ସ୍‌ର କାରଣ, ଲକ୍ଷଣ ଏବଂ ନିରାକରଣ ସମ୍ବନ୍ଧରେ ମତବ୍ୟକ୍ତ କରିବା ସହ ଜନସଚେତନା ଦ୍ୱାରା ବିଶ୍ୱ ଏଡ୍‌ସ୍ ମୁକ୍ତ ହୋଇପାରିବ ବୋଲି ଛାତ୍ରଛାତ୍ରୀ ମାନଙ୍କୁ ଉପଦେଶ ଦେଇଥିଲେ। ଏଥିରେ ପ୍ରବନ୍ଧ ଓ ତର୍କ ପ୍ରତିଯୋଗିତାରେ କୃତକାର୍ଯ୍ୟ ହୋଇଥିବା ଛାତ୍ରଛାତ୍ରୀ ମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ପ୍ରାଣୀ ବିଜ୍ଞାନ ଛାତ୍ରଛାତ୍ରୀଙ୍କ ଦ୍ୱାରା ଏଡ୍‌ସ ସଚେତନତା ଡ୍ରାମା ପରିବେଷଣ କରାଯାଇଥିଲା।

# ୫୦ଲକ୍ଷ ରୁ ଉର୍ଦ୍ଧ୍ୱ ଭଡା ଟଙ୍କା ବକେୟା ପଡିଛି, ପଚାଂୟତର ବିକାଶ ଅଧାରେ ଅଟକିଛି

ଝୁମ୍ପୁରା,(ପି.ଏନ):୪ଗୋଟି ଗ୍ରାମ କୁ ନେଇ ଝୁମ୍ପୁରା ପଚାଂୟତ ଗଠିତ। ୪ଗ୍ରାମର କେନ୍ଦ୍ରସ୍ଥଳ ଝୁମ୍ପୁରା ଗ୍ରାମରେ ଝୁମ୍ପୁରା ପଚାଂୟତର କାର୍ଯ୍ୟାଳୟ ରହିଅଛି। ଝୁମ୍ପୁରା ପଚାଂୟତ ଅଧିନରେ ଝୁମ୍ପୁରା ବଜାର ରହିଥିବା ବେଳେ ବୁଧବାର ଦିନ ଝୁମ୍ପୁରା ବଜାରରେ ସପ୍ତାହିକ ହାଟ ହୋଇଥାଏ। ଝୁମ୍ପୁରା ପଚାଂୟତର ଜନସାଧାରଣଙ୍କୁ ସାମ୍ବଲବୀ କରିବା ଏବଂ ପଚାଂୟତର ବିଭିନ୍ନ ଉନ୍ନତି ମୂଳକ କାର୍ଯ୍ୟକୁ ତ୍ୱରାନିତ କରିବା ନିମନ୍ତେ ପଚାଂୟତ ନିସ୍ୱ ଜମି ଉପରେ ଦୋକାନ ଗୃହ ନିର୍ମାଣ କରି ଲୋକମାନଙ୍କୁ ଭଡା ସୂତ୍ରରେ ପ୍ରଦାନ କରିଛି। ପଚାଂୟତ ଅଧିନରେ ଥିବା ୧୮୦ ଗୋଟି ଦୋକାନ ଘର ଗୁଡିକରୁ ମାସିକ ୧୫୦ଟଙ୍କା ଲେଖାଏଁ ଭଡା ଆଦାୟ କରାଯାଉଥିବା ଜଣାପଡିଛି। ଉକ୍ତ ଦୋକାନ ଗୃହ ଗୁଡିକ ୨୦୨୧ ମସିହା ଠାରୁ ମାସ କୁ ୫ଶହ ଟଙ୍କା ଭଡା ଧାର୍ଯ୍ୟ କରାଯାଇଥିବା ପଚାଂୟତ ପକ୍ଷରୁ ସୂଚନା ରହିଛି। ସବୁଠାରୁ ଗୁରୁତ୍ୱ ପୂର୍ଣ୍ଣ କଥା ହେଲା ପଚାଂୟତ ଅଧିନରେ ଥିବା ୧୮୦ ଗୋଟି ଦୋକାନ ଗୃହର ଭଡା ବାବଦକୁ ଆଜି ତାରିଖ ସୁଦ୍ଧା ୫୦ଲକ୍ଷ ରୁ ଉର୍ଦ୍ଧ୍ୱ ଟଙ୍କା ବକେୟା ପଡିଥିବା ଜଣାପଡିଛି। ଦୋକାନ ଗୃହ ଗୁଡିକର ଭଡା ସଠିକ ଭାବରେ ଆଦାୟ ହୋଇ ପାରୁ ନଥିବାରୁ ପଚାଂୟତର ଉନ୍ନତି ମୂଳକ କାର୍ଯ୍ୟ ଠପ୍ ହୋଇଯାଇଛି। ଦୋକାନ ଘର ଭଡା ମାସିକ ମାତ୍ର ୧୫୦ଟଙ୍କା କେଉଁ ପରିସ୍ଥିତିରେ ଆଦାୟ ହୋଇ ନପାରି ୫୦ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ବକେୟା ପଡିରହିଛି, ସେନେଇ ଚା' ଖଟି ଠାରୁ ଆରମ୍ଭ କରି ବୁଦ୍ଧିଜୀବି ମହଲରେ ଚର୍ଚ୍ଚାର କେନ୍ଦ୍ରବିନ୍ଦୁ ପାଲଟିଛି। ଅଧିକାଂଶ ଦୋକାନୀ ବନ୍ଧୁମାନେ ପଚାଂୟତ ଦୋକାନ ଘର କୁ ନିଜ ନାମରେ ଭଡା ନେଇ ଅନ୍ୟ ବ୍ୟବସାୟିମାନଙ୍କୁ ଉକ୍ତ ଦୋକାନ ଘର ଭଡା ସୂତ୍ରରେ ଦେଇ ୧୫ଶହରୁ ୨ହଜାର ଟଙ୍କା ପର୍ଯ୍ୟନ୍ତ ମାସିକ ଭଡା ଆଦାୟ କରି ନିଜେ ମାଲେମାଲ୍ ହେଉଛନ୍ତି। ଅନ୍ୟପକ୍ଷରେ ଉକ୍ତ ଦୋକାନି ବନ୍ଧୁ ଭଡା ବାବଦକୁ ପଚାଂୟତକୁ ମାସିକ ୧୫୦ଟଙ୍କା ସଠିକ ସମୟରେ ପୈଠ କରୁ ନାହାନ୍ତି। ଏହା ବ୍ୟତିତ ଝୁମ୍ପୁରା ବଜାରରେ ଚମ୍ପୁଆ ନିୟନ୍ତ୍ରିତ ବଜାର କମିଟି(ଆରଏମସି) ଏବଂ ବ୍ୟକ୍ତିଗତ ଦୋକାନ ଗୃହ ଗୁଡିକ ମଧ୍ୟ ଭଡା ସୂତ୍ରରେ ପ୍ରଦାନ କରାଯାଇଛି। ଆରଏମସି ଦୋକାନ ଗୃହ ଏବଂ ବ୍ୟକ୍ତିଗତ ଦୋକାନ ଗୃହର ଭଡା ମାସିକ ୧ହଜାର ଟଙ୍କା ଠାରୁ ଆରମ୍ଭ କରି ୩ହଜାର ଟଙ୍କା ପର୍ଯ୍ୟନ୍ତ ଭଡା ଆଦାୟ କରାଯାଉଥିବା ବେଳେ, ପଚାଂୟତ ଅଧିନରେ ଥିବା ଦୋକାନ ଘର ଭଡା ୧୫୦ଟଙ୍କା ରୁ ସର୍ବାଧିକ ୫ଶହ ଟଙ୍କା ଭଡା ଆଦାୟ ହୋଇ ନପାରି ୫୦ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ବକେୟା ଗଡୁଛି। ଫଳରେ ଝୁମ୍ପୁରା ବ୍ଲକ ମୁଖ୍ୟାଳୟରେ ଥିବା ଝୁମ୍ପୁରା ପଚାଂୟତ ଆଜି ଅବହେଳିତ ଅବସ୍ଥାରେ ପଡିରହିଛି। ଅନ୍ୟପକ୍ଷରେ ବହୁ ଦୋକାନୀ ବନ୍ଧୁ ନିଜସ୍ୱ ଜମିରେ ଦୋକାନ ଗୃହ ନିର୍ମାଣକରି ମାସିକ ୩ହଜାର ଟଙ୍କା ଭଡା ଆଦାୟ କରୁଥିବା ବେଳେ, ଉକ୍ତ ଦୋକାନୀବନ୍ଧୁମାନେ ପଚାଂୟତର ଦୋକାନ ଘରକୁ ଭଡା ନେଇ ମାତ୍ର ୫ଶହ ଟଙ୍କା ମାସିକ ଭଡା ଦେବାକୁ କୁଣ୍ଠାବୋଧ କରୁଛନ୍ତି। ଏନେଇ ଝୁମ୍ପୁରା ସରପଚଂ ରେବତୀ ବିରୁଆଙ୍କ ମତାମତ ଲୋଡିବାରୁ କହିଲେ, ୫୦ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ବାକି ପଡଛି, ଦୋକାନୀ ବନ୍ଧୁମାନଙ୍କ ନିକଟକୁ ଯାଇ ବକେୟା ଟଙ୍କା ପୈଠ କରିବାକୁ ଅନୁରୋଧ କରିବା ସହିତ ନୋଟିସ ମଧ୍ୟ ଜାରି କରିଛୁ। ଅନ୍ୟପକ୍ଷରେ ପଚାଂୟତ କାର୍ଯ୍ୟନିର୍ବାହୀ ଅଧିକାରୀ (ପିଇଓ) ଫୁଲମଣୀ ନାଏକଙ୍କ ମତାମତ ଲୋଡିବାରୁ କହିଲେ ବକେୟା ଟଙ୍କା ପୈଠ କରିବା ପାଇଁ ନୋଟିସ୍ ଜାରି କରିଛୁ, ଯଦି କୌଣସି ଦୋକାନୀ ବନ୍ଧୁ ବକେୟା ଟଙ୍କା ଦେବାରେ ଖିଲାପ କରିବେ ,ତେବେ ତାଙ୍କ ବିରୁଦ୍ଧରେ ଦୃଢକାର୍ଯ୍ୟାନୁଷ୍ଠା ଗ୍ରହଣ କରାଯିବ।

# ନବୋଦୟ ଆଲୁମିନି ଆସୋସିଏସନ୍ ଅଫ୍ ଓଡିଶା (NAAO) : ଷଷ୍ଠ ବାର୍ଷିକ ବନ୍ଧୁମିଳନ ୨୦୨୨

ଭୁବନେଶ୍ୱର,(ପି.ଏନ): କୋଭିଡ ମହାମାରୀ ହେତୁ ଦୁଇ ବର୍ଷର ବ୍ୟବଧାନ ପରେ ଭୁବନେଶ୍ୱରର ଉତ୍କଳ ମଣ୍ଡପ ଠାରେ ନାବୋଦୟ ଆଲୁମିନି ଆସୋସିଏସନ୍ ଅଫ୍ ଓଡିଶା (NAAO) ର ଷଷ୍ଠତମ ବାର୍ଷିକ ବନ୍ଧୁମିଳନ ଆୟୋଜିତ ହୋଇଥିଲା। ଘଇଇଙ୍ଗ ରେ ସଦସ୍ୟ ଥିବା ଓଡ଼ିଶାର ସମସ୍ତ ୩୧ଟି ନବୋଦୟ ବିଦ୍ୟାଳୟର ୩୫୦୦୦ ଛାତ୍ରଛାତ୍ରୀଙ୍କର ଏହି ବନ୍ଧୁମିଳନ ଆୟୋଜିତ ହୋଇଥିଲା। ଏହି ଜବାହର ନବୋଦୟ ବିଦ୍ୟାଳୟ (ଜେଏନଭି) କାର୍ଯ୍ୟକ୍ରମରେ ସାରା ରାଜ୍ୟ ତଥା ଦେଶର ବିଭିନ୍ନ ପ୍ରାନ୍ତରୁ ନବୋଦୟ ଆଲୁମିନି ଛାତ୍ରଛାତ୍ରୀମାନେ ଅଂଶଗ୍ରହଣ କରିଥିଲେ। ଏହି ଉତ୍ସବକୁ ମୁଖ୍ୟ ଅତିଥି ଭାବରେ ଯୋଗଦେଇ ଶ୍ରୀ ସୌମେନ୍ଦ୍ର ପ୍ରିୟଦର୍ଶୀ, ଆଇପିଏସ୍ - କମିଶନର୍ ପୋଲିସ୍, କଟକ ଏବଂ ଭୁବନେଶ୍ୱର କହିଥିଲେ, "ନବୋଦୟର ଉଦ୍ଦେଶ୍ୟ 'ଶିଖିବାକୁ ଆସିବା ଏବଂ ସେବା କରିବାକୁ ଆଗେଇ ଯିବା'ସମସ୍ତ ଛାତ୍ରଙ୍କ ପାଇଁ ଏକ ବଡ଼ ଉତ୍ସାହ। ଗ୍ରାମୀଣ



ପ୍ରତିଭାକୁ ସମାଜର ଅଗ୍ରଭାଗକୁ ଆଣିବାରେ JNV ଏକ ପ୍ରମୁଖ ଭୂମିକା ଗ୍ରହଣ କରିଛି ଏବଂ ଆମେ ବର୍ତ୍ତମାନ ସେବାର ସମସ୍ତ କ୍ଷେତ୍ରରେ ଏହାର ସାକ୍ଷୀ ପାଇପାରୁଛେ। ନିଜକୁ ଅସମାନ ବୋଲି ପ୍ରମାଣ କରିବାକୁ ଏହା ସମସ୍ତଙ୍କୁ ସମାନ ସୁଯୋଗ ପ୍ରଦାନ କରିଥାଏ।" ସମ୍ମାନିତ ଅତିଥି ଶ୍ରୀମତୀ ପାର୍ବତୀ ପ୍ରଧାନ, ଜେଏନଭି ସମିତିର ପୂର୍ବତନ କମିଶନର ତାଙ୍କ ନବୋଦୟ ଦିନର ସ୍ମୃତି ଏବଂ ୧୦ ବର୍ଷ ବୟସରେ ଔଘଠରେ ପ୍ରବେଶ କରିଥିବା ଯୁବ ଛାତ୍ରମାନେ ବର୍ତ୍ତମାନ ଦେଶକୁ କିପରି ଆଗେଇ ନେଉଛନ୍ତି ତାହା ମନେ ପକାଇଥିଲେ। ଏହି ଅବସରରେ ମୁଖ୍ୟ ବକ୍ତା ଶ୍ରୀ ଜଗଦାନନ୍ଦ - ପୂର୍ବତନ କମିଶନର- ଓଡ଼ିଶା ସୂଚ଼ନା ଅଧିକାର ଆୟୋଗ ଉଲ୍ଲେଖ କରିଛନ୍ତି ଯେ ନବୋଦୟର ଆଲୁମିନି ଛାତ୍ରମାନେ ସମାଜକୁ ଅଧିକ ଅର୍ଥପୂର୍ଣ୍ଣ ଉପାୟରେ ସେବା କରିବା ଏବଂ ସକ୍ରିୟ ନାଗରିକ ହେବା ଆବଶ୍ୟକ। ଶ୍ରୀ ସଞ୍ଜୟ କୁମାର ନାୟକ - NAAO ର ସଭାପତି ଅତିଥିମାନଙ୍କୁ ସ୍ୱାଗତ କରିଥିଲେ ଏବଂ NAAO ରେ ସଦସ୍ୟ ଥିବା ଓଡ଼ିଶାର ସମସ୍ତ ୩୧ଟି ନବୋଦୟ ବିଦ୍ୟାଳୟରୁ ଉପସ୍ଥିତ ଥିବା ୧୫୦୦ ପ୍ରାକ୍ତନ ଛାତ୍ରଛାତ୍ରୀଙ୍କୁ ସ୍ୱାଗତ ଜଣାଇଥିଲେ ; ଘଇଇଙ୍ଗ ର ସଚ଼ିବ ଶ୍ରୀ ବିଭୂ ରଂଜନ ଥାନାପତି ଘଇଇଙ୍ଗ ର ବାର୍ଷିକ କାର୍ଯ୍ୟକଳାପର ବିବରଣୀ ପ୍ରଦାନ କରିଥିଲେ। ଶ୍ରୀମତୀ କଲ୍ୟାଣୀ ଏବଂ ଶ୍ରୀ ନୀଳାଚ଼ଳ ଏହି କାର୍ଯ୍ୟକ୍ରମକୁ ପରିଚ଼ାଳନା କରିଥିଲେ ଏବଂ ଶ୍ରୀ ଦୀପକ କୁମାର ରାଉତ, ଘଇଇଙ୍ଗ ର ଉପ-ସଭାପତି ଧନ୍ୟବାଦ ଅର୍ପଣ କରିଥିଲେ।




Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray